୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.250 Bhubaneswar Saturday November 16 2024 | ୨୬ତମ ବର୍ଷ ସଂଖ୍ୟା–୨୫୦ ଭୁବନେଶ୍ୱର, ଶନିବାର, ନଭେମ୍ବର ୧୬, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹ 1.50 | (Air Surcharge - 0.50P) | Member-INS

## ଜୟନାରାୟଣଙ୍କ ସମର୍ଥନରେ ବାହାରିଲା ବିଜେପି: ବିଜେଡିକୁ ଦେଲା ତା'ରି ଭାଷାରେ ପାଲଟା ଜବାବ

ଭୁବନେଶ୍ୱର,୧୫।୧୧(ପି.ଏନ):ଜଣେ ମହିଳା ପୁଲିସ ଅଧିକାରୀଙ୍କୁ ଦୁର୍ବ୍ୟବହାର ଅଭିଯୋଗ ମାମଲାରେ ସମ୍ବଲପୁରର ବିଜେପି ବିଧାୟକ ଜୟନାରାୟଣ ମିଶ୍ରଙ୍କ ଆଗୁଆ ଜାମିନ ଆବେଦନକୁ ସୁପ୍ରିମକୋର୍ଟ ଖାରଜ କରିବାକୁ ନେଇ ଚାଲିଥିବା ରାଜନୀତି ଆଜି ନୂଆମୋଡ ନେଇଛି। ବରିଷ୍ଠ ନେତା ଜୟନାରାୟଣଙ୍କ ସମର୍ଥନରେ ଆଜି ବିଜେପି ଆଗକୁ ଆସିବା ସହ ବିଜେଡିକୁ ତା'ର ଭାଷାରେ ପାଲଟାଜବାବ ଦେଇଛି। ଏହି ଜାମିନ ଖାରଜ ହେବା ପ୍ରସଙ୍ଗକୁ ନେଇ ଗତକାଲିଠୁ ବିଜେଡି ଗଣମାଧ୍ୟମରେ ବୟାନବାଜି କରି ଚାପ ପକାଇବା ସହ ଜୟନାରାୟଣଙ୍କୁ ଗିରଫ ନିମନ୍ତେ ଦାବି କରିଆସୁଛି।ଗତକାଲିଠୁ ନିରବ ଥିବା ବିଜେପି ଆଜି ନିଜର ଆଭିମୁଖ୍ୟ ସ୍ପଷ୍ଟ କରି ଜୟନାରାୟଣଙ୍କୁ ସମର୍ଥନ ଦେଇଛି । ଆଉ ବିଜେଡି ନିଜର ଅପରାଧିକ ଘଟଣାକୁ ମନେ ପକାଇ ବିଲିବିଲି ହେଉଛି ବୋଲି କହିଛି । ବିଜେଡି ଶାସନରେ ଥିବାବେଳେ ନିଜ ଦଳର ପୁଳାପୁଳା




ନେତାଙ୍କ ବିରୁଦ୍ଧରେ ଥିବା ଅପରାଧିକ ମାମଲାରେ କ'ଣ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଥିଲା ବୋଲି ବିଜେପି ପ୍ରଶ୍ନ କରିଛି। ଆଉ ଦୀର୍ଘ ୩–୪ବର୍ଷ ଧରି ଜୟନାରାୟଣଙ୍କୁ ସିଧାସଳଖ ଟାର୍ଗେଟ୍ କରି ରାଜନୀତିକ ଫାଇଦା ନେବାକୁ ଚାହିଁ ବସିଥିବା ବିଜେଡି ଆଜି ବିଜେପିର ଏଭଳି ଆଭିମୁଖ୍ୟ ଦେଖି ବ୍ୟାକଫୁଟକୁ ଯିବାକୁ ବାଧ୍ୟ ହୋଇଛି।

### ପରିକ୍ରମା ପ୍ରକଳ୍ପ ଯୋଗୁଁ ମେଘନାଦ ପାଚେରୀରେ ହୋଇନି ଫାଟ: ରବିଶଙ୍କର ପ୍ରତିହାରୀ

ପୁରୀ, ୧୫।୧୧(ପି.ଏନ): ଶ୍ରୀମନ୍ଦିର ମେଘନାଦ ପାଚେରୀରେ ଫାଟକୁ ନେଇ ହେଉଥିବା ଚର୍ଚ୍ଚା ଉପରେ ବରିଷ୍ଠ ସେବାୟତ ରବି ଶଙ୍କର ପ୍ରତିହାରୀଙ୍କ ବଡ଼ ପ୍ରତିକ୍ରିୟା। ପରିକ୍ରମା ପ୍ରକଳ୍ପ ଯୋଗୁଁ ମେଘନାଦ ପାଚେରୀରେ ଫାଟ ହୋଇଥିବା ଚର୍ଚ୍ଚାକୁ ସିଧା ସିଧା ଖଣ୍ଡନ କରିଛନ୍ତି ରବିଶଙ୍କର । ସେ କହିଛନ୍ତି, ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପ ଯୋଗୁଁ ମେଘନାଦ ପାଚେରୀରେ ଫାଟ ହୋଇନାହିଁ । ଏମିତି କହିବା ସମ୍ପୂର୍ଣ୍ଣ ଭୁଲ ।ଆଗକୁ ସେ କହିଛନ୍ତି, ଛତିଶା ନିଯୋଗର ଅନୁମୋଦ ପରେ ସେବାୟତଙ୍କ ସହଯୋଗରେ ପରିକ୍ରମା ପ୍ରକଳ୍ପ କାର୍ଯ୍ୟକାରୀ ହୋଇଥିଲା । ଖୋଦ ଏଏସଆଇର ତତ୍ତ୍ୱାବଧାନରେ ପରିକ୍ରମା ପ୍ରକଳ୍ପ କାମ ହୋଇଥିଲା । ଏଏସଆଇର ଅଭିଜ୍ଞ ବିଶେଷଜ୍ଞମାନେ ପରିକ୍ରମା ପ୍ରକଳ୍ପ କାର୍ଯ୍ୟକୁ ତଦାରଖ କରୁଥିଲେ । ଶ୍ରୀମନ୍ଦିରକୁ ଆସୁଥିବା ଯାତ୍ରୀଙ୍କ ସୁବିଧା ପାଇଁ ପରିକ୍ରମା ପ୍ରକଳ୍ପ କରାଯାଇଛି । ଏକଥା ପୁରୀବାସୀ ଓ ପୁରୀକୁ ପ୍ରତିଦିନ ଆସୁଥିବା ଭକ୍ତମାନେ କହୁଛନ୍ତି । ସେହିଭଳି ସେ କହିଛନ୍ତି, ପୂର୍ବରୁ ମେଘନାଦ ପାଚେରୀ କଡରେ ଉଠା ଦୋକାନୀ ବସୁଥିଲେ । ୧୯୮୨ ମସିହାରେ ମେଘନାଦ ପାଚେରୀ କଡରୁ ଉଠା ଦୋକାନୀଙ୍କୁ ଉଚ୍ଛେଦ କରାଯାଇଥିଲା । ତେଣୁ ସେତେବେଳେ ଥିବା ଉଠା ଦୋକାନୀମାନେ ମେଘନାଦ ପାଚେରୀରେ କିଛି ବି ଲୁହା ବିମ ଲଗାଇଥିବେ, ଯେଉଁଥି ପାଇଁ ଏହି ଫାଟ ହୋଇଥାଇପାରେ । ଏଥିସହିତ ଶ୍ରୀମନ୍ଦିରରୁ ପାଣି ନିଷ୍କାସନ ପାଇଁ ପୂର୍ବରୁ ନାଳ ରହିଛି । ଏହି ନାଳରେ ପାଣି ଯାଇ ତାହା ଗର୍ତ୍ତରେ ପରିଣତ ହୋଇଥାଇ ପାରେ । ଯେଉଁମାନେ କହୁଛନ୍ତି ଯେ, ପରିକ୍ରମା ପ୍ରକଳ୍ପ ପାଇଁ ମେଘନାଦ ପାଚେରୀରେ ଫାଟ ହୋଇଛି ସେମାନେ ବିଶେଷଜ୍ଞ ନୁହଁନ୍ତି। ସର୍ବୋପରି ଯେଉଁମାନେ ଆଜି ପ୍ରକଳ୍ପ ବିରୋଧରେ କହୁଛନ୍ତି, ସେ ସମୟରେ ସେମାନେ ପରିକ୍ରମା ପ୍ରକଳ୍ପକୁ ପ୍ରଶଂସା କରୁଥିଲେ । ଏଥିସହିତ ଯେଉଁ ପଟେ ମେଘନାଦ ପାଚେରୀରେ ଫାଟ ହୋଇଛି ସେପଟେ କୌଣସି ଖନନ କାର୍ଯ୍ୟ ହୋଇ ନଥିଲା ବୋଲି ସେ କହିଛନ୍ତି।

## କାଲିଠାରୁ ୪ ଦ୍ୱାର ଦେଇ ଶ୍ରୀମନ୍ଦିରକୁ ପ୍ରବେଶ କରିବେ ଶ୍ରଦ୍ଧାଳୁ

ଭୁବନେଶ୍ୱର,୧୫।୧୧(ପିଏନ):ଆସନ୍ତାକାଲି (ଶନିବାର) ଠାରୁ ସମସ୍ତ ଚାରି ଦ୍ୱାର ଦେଇ ଶ୍ରଦ୍ଧାଳୁମାନେ ଶ୍ରୀମନ୍ଦିରକୁ ପ୍ରବେଶ କରିପାରିବେ। ଆଜି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଏହି ସୂଚନା ଦିଆଯାଇଛି ।ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ କୁହାଯାଇଛି ଯେ, ଶ୍ରଦ୍ଧାଳୁମାନେ ସମସ୍ତ ୪ ଦ୍ୱାର ଦେଇ ଶ୍ରୀମନ୍ଦିରକୁ ପ୍ରବେଶ କରିପାରିବେ, କିନ୍ତୁ କେବଳ ୩ଟି ଦ୍ୱାର ଦେଇ ପ୍ରସ୍ଥାନ କରିବେ। ସିଂହଦ୍ୱାର ବ୍ୟତୀତ ଅନ୍ୟ ୩ ଦ୍ୱାର ଦେଇ ଶ୍ରଦ୍ଧାଳୁମାନେ ପ୍ରସ୍ଥାନ କରିପାରିବେ। ସିଂହଦ୍ୱାରରେ ଶ୍ରଦ୍ଧାଳୁଙ୍କ ପ୍ରସ୍ଥାନକୁ ସଂପୂର୍ଣ୍ଣ ବାରଣ କରାଯାଇଛି। ତେବେ ସେବକ ତଥା ତାଙ୍କ ପରିବାର ବର୍ଗ ସମସ୍ତ ଦ୍ୱାର ଦେଇ ପ୍ରବେଶ ଓ ପ୍ରସ୍ଥାନ କରିପାରିବେ।



## କାର୍ତ୍ତିକ ପୂର୍ଣ୍ଣିମାରେ ଅଘଟଣ, ପୋଖରୀରେ ବୁଡିଗଲେ ୫ ଶିଶୁ

ଭୁବନେଶ୍ୱର,୧୫।୧୧(ପିଏନ):ରାଜ୍ୟର ବିଭିନ୍ନ ସ୍ଥାନରେ ପୋଖରୀରେ ବୁଡି ୫ ଜଣ ଶିଶୁଙ୍କ ମୃତ୍ୟୁ ଘଟିଛି। ଆଜି କାର୍ତ୍ତିକ ପୂର୍ଣ୍ଣିମା ଅବସରରେ ଜଳାଶୟ ଗୁଡିକରେ ଡଙ୍ଗା ଭସାଯାଇଥିବା ବେଳେ କେଉଁଠି ପୋଖରୀରୁ ଡଙ୍ଗା ଆଣିବାକୁ ଯାଇ ତ କେଉଁଠି ଡଙ୍ଗାର ଥିବା କଏନ ସଂଗ୍ରହ କରିବାକୁ ଯାଇ ଏହି ଶିଶୁମାନଙ୍କ ମୃତ୍ୟୁ ଘଟିଥିବା ଅଭିଯୋଗ ହୋଇଛି। ମାଲକାନଗିରି ନିକଟସ୍ଥ ଚମ୍ପାନଗର ଗ୍ରାମର ସାବିତ୍ରୀ ହନ୍ତାଳ ନିଜ ସାଙ୍ଗମାନଙ୍କ ସହ ପାଖ ପୋଖରୀକୁ ଯାଇଥିଲେ ଭସାଯାଇଥିବା ଡଙ୍ଗାଗୁଡିକରୁ କଏନ ସଂଗ୍ରହ ପାଇଁ। ଡଙ୍ଗାଗୁଡିକରୁ କଏନ ସଂଗ୍ରହ କରୁଥିବା ବେଳେ ବୁଡିଯାଇଥିଲେ ସାବିତ୍ରୀ। ଏହା ଦେଖି ତାଙ୍କ ସାଙ୍ଗମାନେ ଭୟରେ ସେଠାରୁ ଦୌଡି ପଳାଇଥିଲେ। ସେମାନେ ଏ ସଂପର୍କରେ କାହାକୁ କିଛି କହି ନଥିଲେ। ଅବଶ୍ୟ ପରେ ସାବିତ୍ରୀଙ୍କ ପରିବାର ଲୋକେ ଖବର ପାଇଥିଲେ ଯେ ସେ ପୋଖରୀରେ ବୁଡି ଯାଇଛନ୍ତି। ବହୁ ଖୋଜାଖୋଜି ପରେ ସାବିତ୍ରୀଙ୍କ ମୃତଦେହ ପୋଖରୀରୁ ମିଳିଥିଲା। ଗତ ବର୍ଷ ସାବିତ୍ରୀଙ୍କ ବାପା ତ୍ରିପତି ହନ୍ତାଳଙ୍କ



ମୃତ୍ୟୁ ଘଟିଥିଲା। ଏବେ ଘରେ ତାଙ୍କ ମା' ଓ ଦୁଇ ଭଉଣୀ ଅଛନ୍ତି।କଟକ ଜିଲ୍ଲା କରମୁଆଁ ଗାଁରେ ପୋଖରୀରେ ଭାସୁଥିବା ଡଙ୍ଗା ଆଣିବାକୁ ଯାଇ ଏକ ୩ ବର୍ଷର ଶିଶୁ ବୁଡି ଯାଇଥିବା ଜଣାପଡିଛି। ମୃତ ଶିଶୁର ନାଁ ନୀତୀଶ ଭୋଇ। ତାଙ୍କ ବାପାଙ୍କ ନାଁ ପ୍ରଦୀପ ଭୋଇ।

## ଛତିଶଗଡ଼ର ମନମାନି: ଶୁଖୁଛି ମହାନଦୀ, ପ୍ରାଚୀନ ସଂସ୍କୃତି ବୋଇତ ବନ୍ଦାଣକୁ ନେଇ ପ୍ରଶ୍ନବାଚୀ

ଭୁବନେଶ୍ୱର, ୧୫।୧୧(ପି.ଏନ): କାର୍ତ୍ତିକ ପୂର୍ଣ୍ଣିମାରେ ଉଠିଲା ମହାନଦୀ ଜଳ ବିବାଦ ପ୍ରସଙ୍ଗ । ବୋଇତ ବନ୍ଦାଣ ପରମ୍ପରା ବେଳେ ନଦୀରେ ଜଳସ୍ତର କମି କମି ଯାଉଥିବା ନେଇ ଛତିଶଗଡ଼ର ମାନମାନି କଥା ଉଠାଇଛି କଳିଙ୍ଗ ସଂସ୍କୃତି ଓ ଐତିହ୍ୟ ସୁରକ୍ଷା ମଞ୍ଚ । ଏଭଳି ଏକ ସମ୍ବେଦନଶୀଳ ଘଟଣାରେ ସରକାର ହସ୍ତକ୍ଷେପ କରିବାକୁ ଆହ୍ୱାନ ଦିଆଯାଇଛି । ବାରମ୍ବାର ଦାବି ସତ୍ତ୍ୱେ ମଧ ଟ୍ରିପଲ ଇଞ୍ଜିନ ସରକାର ଏହାକୁ ଗୁରୁତ୍ୱ ନ ଦେବାରୁ ବିଭିନ୍ନ ସଂଗଠନ ବ୍ୟାପକ ଅସନ୍ତୋଷ ବ୍ୟକ୍ତ କରିଛନ୍ତି ।ନୌବାଣିଜ୍ୟ ପରମ୍ପରା ଓ ଧର୍ମର ଅନନ୍ୟ ସ୍ୱାକ୍ଷର ବହନ କରୁଥିବା କାର୍ତ୍ତିକ ପୂର୍ଣ୍ଣିମାରେ ଲୋକେ ଡଙ୍ଗା ଭସାଇ ପୂଜାର୍ଚ୍ଚନା କରିଛନ୍ତି । ରାଜ୍ୟର ପ୍ରମୁଖ ଜଳାଶୟ ଓ ପବିତ୍ର ସ୍ଥାନରେ ଡଙ୍ଗା ଭସାଇଛନ୍ତି ଲୋକେ । ଏସବୁ ଭିତରେ ଉଠିଛି ରାଜ୍ୟର ନଦୀଗୁଡିକରେ ଜଳାଭାବର କଥା । ଛତିଶଗଡ଼ର ମାନମାନି ଯୋଗୁଁ ମହାନଦୀରେ ଓଡିଶା ନିଜର ହକ ପାଉ ନଥିବା ବେଳେ ନଦୀ ଶୁଖି ଶୁଖି ଯାଉଛି । ବୋଇତ ଚାଲିବା ପାଇଁ ପୂର୍ବରୁ ନଦୀ ଗୁଡିକରେ ଯେତିକି ଜଳ ରହୁଥିଲା ଏବେ ତାହା କମି ଯାଇଛି । ଯାହାକୁ ନେଇ ସଂସ୍କୃତି ଓ ଐତିହ୍ୟକୁ ରକ୍ଷା କରିବାକୁ କାର୍ଯ୍ୟ କରୁଥିବା କଳିଙ୍ଗ ସଂସ୍କୃତି ଓ ଐତିହ୍ୟ ସୁରକ୍ଷା ମଞ୍ଚ ଚିନ୍ତା ବ୍ୟକ୍ତ କରିଛି ।

## ପ୍ରଶ୍ନ କରିଥିଲେ ଉଦ୍ଧବ ଠାକରେ, ଯାଞ୍ଚ ହେଲା ଅମିତ ଶାହଙ୍କ ହେଲିକପ୍ଟର

ଭୁବନେଶ୍ୱର,୧୫।୧୧(ପି.ଏନ): ମହାରାଷ୍ଟ୍ରର ହିଙ୍ଗୋଲି ଜିଲ୍ଲାକୁ ପ୍ରଚାର ପାଇଁ ଯାଇଥିବା ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହଙ୍କ ହେଲିକପ୍ଟର ଓ ଏହା ମଧ୍ୟରେ ଥିବା ବ୍ୟାଗକୁ ଯାଞ୍ଚ କରାଯାଇଛି। ନିର୍ବାଚନ ବେଳେ ଟଙ୍କା କିମ୍ବା ଅନ୍ୟାନ୍ୟ ଜିନିଷ ଲୋକଙ୍କୁ ଦେବା ଭଳି କାମ ଉପରେ ରୋକ ଲଗାଇବା ପାଇଁ ନିୟୋଜିତ ନିର୍ବାଚନ ଅଧିକାରୀମାନେ ଏପରି ଯାଞ୍ଚ କରିଛନ୍ତି। ଏହାର ଭିଡିଓ ମଧ ସାମ୍ନାକୁ ଆସିଛି। ନିର୍ବାଚନ ପାଇଁ ପ୍ରସ୍ତୁତ ହେଉଥିବା ମହାରାଷ୍ଟ୍ରରେ ଏବେ ଜୋରଦାର ପ୍ରଚାର ଚାଲିଛି। ନିକଟରେ ନିର୍ବାଚନ ଅଧିକାରୀମାନେ ଶିବସେନା (ୟୁବିଟି)ର ମୁଖ୍ୟ ଉଦ୍ଧବ ଠାକରେଙ୍କ





ହେଲିକପ୍ଟର ଓ ବ୍ୟାଗକୁ ଯାଞ୍ଚ କରିଥିଲେ। ଏହାର ଭିଡିଓ ଉଦ୍ଧବ ରେକର୍ଡ କରିବା ସହ କ'ଣ ଅଧିକାରୀମାନେ ପ୍ରଧାନମନ୍ତ୍ରୀ ମୋଦି ଓ ସ୍ୱରାଷ୍ଟ୍ର ମନ୍ତ୍ରୀ ଶାହଙ୍କ ବ୍ୟାଗକୁ ମଧ ଯାଞ୍ଚ କରୁଛନ୍ତି କି ବୋଲି ପ୍ରଶ୍ନ କରିଥିଲେ।

## ଆଇଆରସିର ସଭାପତି ଭାବେ ମନୋରଞ୍ଜନ ପରିଡାଙ୍କୁ ଶୁଭେଚ୍ଛା ଜଣାଇଲେ ବିଜେଡି ସଭାପତି ନବୀନ ପଟ୍ଟନାୟକ

ଭୁବନେଶ୍ୱର,୧୫।୧୧(ପି.ଏନ): ଆଇ.ଆର୍.ସି. ର ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି ସେଣ୍ଟ୍ରାଲ ରୋଡ ରିସର୍ଚ୍ଚ ଇନଷ୍ଟିଚ୍ୟୁଟର ନିର୍ଦ୍ଦେଶକ ପ୍ରଫେସର ମନୋରଞ୍ଜନ ପରିଡା । ୧୧ ନଭେମ୍ବର ୨୦୨୪ ରେ ରାୟପୁର ଠାରେ ଅନୁଷ୍ଠିତ ହେଉଥିବା ଆଇ.ଆର୍.ସି.ର ବାର୍ଷିକ ଅଧିବେଶନରେ ତାଙ୍କୁ ଏହି ଦାୟିତ୍ୱ ପ୍ରଦାନ କରାଯାଇଛି । ଆଇ.ଆର୍.ସି. ରାଜପଥ, ସେତୁ ଏବଂ ସୁଡଙ୍ଗ ଭଳି ରାଜପଥ ଭିତ୍ତିଭୂମିର କାର୍ଯ୍ୟ କରୁଥିବା ରାଜପଥ ଇଞ୍ଜିନିୟରମାନଙ୍କ ସର୍ବବୃହତ ପେସାଦାର ସଂସ୍ଥା ଅଟେ। ଆଇ.ଆର୍.ସି. ଇତିହାସରେ ଗତ ୯୦ ବର୍ଷ ମଧ୍ୟରେ ସେ ତୃତୀୟ ଓଡିଆ ଭାବେ ଏହି ମର୍ଯ୍ୟାଦାଜନକ ପଦବୀରେ ନିଯୁକ୍ତି ପାଇଛନ୍ତି । ଏନେଇ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଜେଡି ସଭାପତି ନବୀନ ପଟ୍ଟନାୟକ ଆଇ.ଆର୍.ସି. ର ସଭାପତି ପ୍ରଫେସର ମନୋରଞ୍ଜନ ପରିଡାଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ଏକ୍ସ (ପୂର୍ବରୁ ଟ୍ୱିଟର) ବିରୋଧୀ ଦଳର ନେତା ନବୀନ ପଟ୍ଟନାୟକ ଆଇ.ଆର୍.ସି. ର ସଭାପତି ପ୍ରଫେସର ମନୋରଞ୍ଜନ ପରିଡାଙ୍କୁ ଶୁଭେଚ୍ଛା ଜଣାଇ ଲେଖିଛନ୍ତି, 'ଦେଶର ରାଜପଥ ଇଞ୍ଜିନିୟର ମାନଙ୍କର ସର୍ବୋଚ୍ଚ ସଂସ୍ଥା ଭାରତୀୟ ସଡ଼କ କଂଗ୍ରେସର ସଭାପତି ଭାବରେ ନିର୍ବାଚିତ ହୋଇଥିବାରୁ, ଓଡିଶାର ପ୍ରଫେସର ମନୋରଞ୍ଜନ ପରିଡାଙ୍କୁ ଅଭିନନ୍ଦନ। ମୋର ଦୃଢ ବିଶ୍ୱାସ ରହିଛି ଯେ, ସଡକ ଇଞ୍ଜିନିୟରିଂ କ୍ଷେତ୍ରରେ ତାଙ୍କର ଦୀର୍ଘ ଅଭିଜ୍ଞତା ଦେଶରେ ଇନଫ୍ରା ବିକାଶକୁ ଦୃଢ କରିବାରେ ସାହାଯ୍ୟ କରିବ। ପ୍ରଫେସର ମନୋରଞ୍ଜନ ପରିଡାଙ୍କୁ ବହୁତ ଅନେକ ଅନେକ ଶୁଭେଚ୍ଛା।'

## ମିଛ କହୁଥିଲେ ପୂର୍ବ ସରକାର, ଆଶ୍ରମ ସ୍କୁଲରେ ପିଲା ପାଉନଥିଲେ ଭଲ ଗଣ୍ଡେ ଖାଇବାକୁ: ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର,୧୫।୧୧(ପି.ଏନ): ଜନଜାତୀୟ ଗୌରବ ଦିବସରେ ଆଦିବାସୀ ଓ ଅବହେଳିତ ପିଲାଙ୍କ ପାଇଁ ସ୍ଥାପିତ ଆଦର୍ଶ ବିଦ୍ୟାଳୟର ଅନିୟମିତତାକୁ ନେଇ ପୂର୍ବ ସରକାର ଉପରେ ବର୍ଷିଲେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ । ହଷ୍ଟେଲରେ ପିଲା ଲୁଣ ସହ ଭାତ ଖାଇବାକୁ ବାଧ ହେଉଥିଲେ । ସେମାନଙ୍କୁ ସ୍ୱତନ୍ତ୍ରତା ଦିଆଯାଉନଥିଲା । ମୁଖ୍ୟ ସ୍ରୋତରେ ସାମିଲ କରିବାକୁ କୌଣସି ଠୋସ ପଦକ୍ଷେପ ନିଆଯାଉ ନଥିଲା ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ। ଆଜି ଜନଜାତୀୟ ଗୌରବ ଦିବସରେ ମୁଖ୍ୟମନ୍ତ୍ରୀ କହିଛନ୍ତି, ଗତ ସରକାର କହୁଥିଲେ ଆଦିବାସୀଙ୍କ ସାଙ୍ଗରେ ଅଛୁ, ହେଲେ ଆଦିବାସୀମାନଙ୍କ ଶିକ୍ଷା, ସ୍ୱାସ୍ଥ୍ୟରେ ସମ୍ପୂର୍ଣ୍ଣ ଅବହେଳା କରିଥିଲେ। ହଷ୍ଟଲଗୁଡିକରେ ଛାତ୍ରଛାତ୍ରୀ ଖାଇବାକୁ ପାଉନଥିଲେ ପୁଷ୍ଟିକର ଖାଦ୍ୟ। ସେମାନଙ୍କୁ ଉଚିତ ଶିକ୍ଷା



ଦିଆଯାଉନଥିଲା । ତେବେ ସରକାର ବଦଳିଛି । ବିଜେପି ସରକାର ଏହା ଉପରେ କାମ କରିବେ ବୋଲି କହିଛନ୍ତି ମୁଖ୍ୟମନ୍ତ୍ରୀ ।ମୋହନ କହିଛନ୍ତି, ୧୬ ଆଶ୍ରମ ହାଇସ୍କୁଲଗୁଡିକର ଅପଗ୍ରେଡ଼ ପାଇଁ ୨୪୦ କୋଟି ଖର୍ଚ୍ଚ କରିବେ ସରକାର । ୧୩ ଟି ହାଇସ୍କୁଲକୁ ଅପଗ୍ରେଡ଼ କରି ଯୁକ୍ତ ୨ କରିବା ପାଇଁ ୨୨ କୋଟି ଲେଖାଏଁ ଦିଆଯିବ । ୪୨୬ ଆବାସିକ ସ୍କୁଲ ପାଇଁ ୮୫୨ କୋଟି ଖର୍ଚ୍ଚ ହେବ । ଏହା ବ୍ୟତୀତ ପଂଚାୟତିରାଜ ବିଭାଗକୁ ଦାୟିତ୍ୱ ଦିଆଯାଇଛି , ୨୭ ଟି ଜିଲ୍ଲାର ୨୩୪ ବ୍ଲକ ୭୬୬୭ ଗ୍ରାମରେ ଗ୍ରାମସଭା ହେବ । ପେଶା ଆଇନ କାର୍ଯ୍ୟକାରୀ ପାଇଁ ପ୍ରକ୍ରିୟା ଆରମ୍ଭ ହୋଇଛି । ଆଜି ଜନଜାତି ଦିବସରେ ଅନେକ ପ୍ରକଳ୍ପ ଶିଳାନ୍ୟାସ ହୋଇଛି । ଜନଜାତି ଐତିହ୍ୟ ଓ ସୁରକ୍ଷା ପାଇଁ ଜନଜାତି ଐତିହ୍ୟ ଏବଂ ସ୍ୱାଭିମାନ ଭବନ ୧୦୦ କୋଟିରେ ନିର୍ମାଣ ହେବ । ଭାଷା ଓ ସଂସ୍କୃତି ପ୍ରତିଷ୍ଠାନ ପାଇଁ ୫୦ କୋଟି ବିନିଯୋଗ ହେବ । ୧୫୩୫ କୋଟି ଟଙ୍କାର ପ୍ରକଳ୍ପ ଶିଳାନ୍ୟାସ ହୋଇଛି।

## ୨ ଘଣ୍ଟା ଅପେକ୍ଷା କଲେ, ଦିଲ୍ଲୀରୁ ବିମାନ ଆସିବା ପରେ ଫେରିଲେ ପ୍ରଧାନମନ୍ତ୍ରୀ ମୋଦି

ଭୁବନେଶ୍ୱର, ୧୫।୧୧ (ପି.ଏନ): ଝାରଖଣ୍ଡର ଦେଓଘର ଏୟାରପୋର୍ଟରେ ଦୁଇ ଘଣ୍ଟାରୁ ଅଧିକ ସମୟ ଅପେକ୍ଷା କରିବା ପରେ ଦିଲ୍ଲୀ ଫେରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି । ଦିଲ୍ଲୀରୁ ଗୋଟିଏ ସ୍ୱତନ୍ତ୍ର ବିମାନ ଦେଓଘର ଏୟାରପୋର୍ଟରେ ପହଞ୍ଚିବା ପରେ ମୋଦି ସେଥିରେ ଦିଲ୍ଲୀ ଫେରିଛନ୍ତି। ବାସ୍ତବରେ ମୋଦି ଯେଉଁ ବିମାରେ ଦେଓଘର ରାଲିକୁ ଯାଇଥିଲେ, ସେଥିରେ ସେ ଦିଲ୍ଲୀ ଫେରିବାର ଥିଲା ।କିନ୍ତୁ ଉକ୍ତ ବିମାନରେ ବୈଷୟିକ ତ୍ରୁଟି ଦେଖାଯାଇଥିଲା। ଏଥିଯୋଗୁ ଭାରତୀୟ ବାୟୁ ସେନାର ଆଉ ଗୋଟିଏ ବିମାନ ମୋଦିଙ୍କୁ ଆଣିବା ପାଇଁ ଦିଲ୍ଲୀରୁ ଯାଇଥିଲା। ସନ୍ଧ୍ୟା ପ୍ରାୟ ୫.୩୦ରେ ଉକ୍ତ ବିମାନ ଦେଓଘରରେ ପହଞ୍ଚିବା ପରେ ମୋଦି ଦିଲ୍ଲୀ ଫେରିଛନ୍ତି ।ସୂତ୍ର ଅନୁସାରେ, ଆଜି ପ୍ରଧାନମନ୍ତ୍ରୀ ମୋଦି ଝାରଖଣ୍ଡରେ ୨ଟି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ସେ ଭଗବାନ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଇଁ ଜନଜାତି ଗୌରବ ଦିବସ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ସରିବା ପରେ ସେ ଦେଓଘର ଏୟାରପୋର୍ଟକୁ ଆସିଥିଲେ। ସେଠାରୁ ସ୍ୱତନ୍ତ୍ର ବିମାଦନ ଯୋଗେ ସେ ଦିଲ୍ଲୀ ଯାଇଥାଆନ୍ତେ।

## ସରକାରଙ୍କ ଅଜବ ମାନସିକତା: ୫ ମାସ ହେଲା ମିଳିନି ଟଙ୍କାଟେ, ବନ୍ଦ ହେବାକୁ ବସିଲାଣି ମୁକ୍ତା ଯୋଜନା

ଭୁବନେଶ୍ୱର,୧୫।୧୧(ପି.ଏନ): ବନ୍ଦ ହେବାକୁ ବସିଲାଣି ମୁକ୍ତା ଯୋଜନା । ୫ ମାସ ହେଲାଣି ଆଉ ଟଙ୍କାଟିଏ ମିଳୁନି । ଅଧପତନ୍ତରିଆ ଭାବେ ପଡ଼ିରହିଛି ୨ ହଜାରରୁ ଅଧିକ ପ୍ରକଳ୍ପ । କାମଧନ୍ଦା ମିଳୁ ନଥିବାରୁ ବେକାର ହେଲେଣି ସହରାଞ୍ଚଳ ଶ୍ରମିକ । ୨୦୨୦ କୋଭିଡ ସମୟରେ ପ୍ରବାସୀ ଶ୍ରମିକଙ୍କ ଦୁଃଖ ଦୂର ପାଇଁ ପୂର୍ବ ନବୀନ ସରକାର ଏହି ଯୋଜନା ଆରମ୍ଭ କରିଥିଲେ । ରୋଜଗାର ସୁଯୋଗ ପାଇଥିଲେ ତୃତୀୟ ଲିଙ୍ଗ ଓ ଏସ୍?ଏଚ୍?ଜି । ସରକାର ବଦଳିବା ଯୋଜନା ରୂପାନ୍ତର ପାଇଁ ନିୟୋଜିତ କର୍ମଚାରୀଙ୍କୁ ଛଟେଇ କରାଯାଇଥିବା ଅଭିଯୋଗ ହୋଇଛି । ରାଜ୍ୟ ସରକାରଙ୍କ ଏପରି ହୀନ ଉଦ୍ୟମକୁ କଡ଼ା ଭାଷାରେ ନିନ୍ଦା କରିଛନ୍ତି ବିରୋଧୀ । ରାଜ୍ୟ ସରକାରଙ୍କୁ ହୋଇଛି କି ବିକାର ରୋଗ ପୂର୍ବ ସରକାରଙ୍କ ସବୁ ଯୋଜନା ବନ୍ଦ ହେବ, ନ ହେଲେ ନାମରେ ଫେର ବଦଳ ହେବ । ଏପରି ମାନସିକତାରେ ଏବେ ବିଜେପି ସରକାର ଚାଲିଥିବା ବିରୋଧୀ ଅଭିଯୋଗ କଲେଣି । ମୁଖ୍ୟମନ୍ତ୍ରୀଙ୍କ ନାମରେ ପ୍ରଚଳିତ ଯୋଜନା ମୁକ୍ତା'ର ତଙ୍କ ମୋଡ଼ି ସାରିଲେଣି । ସହରାଞ୍ଚଳ ଶ୍ରମିକଙ୍କୁ କାମଧନ୍ଦା ଯୋଗାଉଥିବା ମୁଖ୍ୟମନ୍ତ୍ରୀ କର୍ମ ତତ୍ପର ଯୋଜନା ବାବଦରେ ଆଉ ଟଙ୍କାଟିଏ ଆସୁନି । ବେକାର ହେଲେଣି ହଜାର ହଜାର ଶ୍ରମଜୀବୀ ।୨୦୨୦ କୋଭିଡ ସମୟରେ ପ୍ରବାସୀ ଶ୍ରମିକଙ୍କ ଦୁରବସ୍ଥା ଦେଖି ତତ୍କାଳୀନ ବିଜେଡି ସରକାର ଆରମ୍ଭ କରିଥିଲେ ଏହି ଯୋଜନା । ଉଦ୍ଦେଶ୍ୟ ଥିଲା ସହରାଞ୍ଚଳରେ ଶ୍ରମିକଙ୍କୁ କର୍ମ ସଂସ୍ଥାନ ମିଳିଲେ ଆଉ ସେମାନେ ବାହାର ରାଜ୍ୟକୁ ଯିବେନି । ୫ଟି ମହାନଗର ନିଗମ ସମେତ ୧୧୪ଟି ପୌରାଞ୍ଚଳରେ ମୌସୁମୀ ପୂର୍ବରୁ ନାଳଗୁଡ଼ିକର ରକ୍ଷଣାବେକ୍ଷଣ, ବର୍ଷା ଜଳ ଅମଳ, ନୂତନ ଜଳାଶୟ ବିକାଶ, ବୃକ୍ଷରୋପଣ, କମ୍ୟୁନିଟି ସେଣ୍ଟର, ସର୍ବସାଧାରଣ ଶୌଚାଳୟ ନିର୍ମାଣ ପାଇଁ ୭ ହଜାର ୬୨୦ଟି ପ୍ରକଳ୍ପ ଅନୁମୋଦନ କରାଯାଇଥିଲା । ସେଥିରୁ ୫ ହଜାର ୩୮୫ଟି ସମ୍ପୂର୍ଣ୍ଣ ହୋଇସାରିଛି । ବାକି ୨ ହଜାର ୨୩୫ଟି ପ୍ରକଳ୍ପ କାର୍ଯ୍ୟ ଅର୍ଥ ଅଭାବରୁ ଅଧପନ୍ତରିଆ ଭାବେ ପଡ଼ିରହିଛି । ଫଳରେ ଏବେ ହଜାର ହଜାର ଶ୍ରମିକ ରୋଜଗାର ନଥିବାରୁ ବାହାର ରାଜ୍ୟ ମୁହାଁ ହେଲେଣି । ଦିଗହରା ହେଲାଣି ଏହି ଯୋଜନା । ଏପରିକି ସରକାର ବଦଳିବା ପରେ ଏହି ଯୋଜନାରେ ନିୟୋଜିତ ତୃତୀୟ ଲିଙ୍ଗ କର୍ମଚାରୀ ଓ ଏସଏଚ୍‌ଜିଙ୍କୁ ଅନ୍ତର କରାଯାଇଛି । ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ବିଜେଡି ସରକାର କରିଥିବା ଏହି ଯୋଜନା କୌଣସି ବ୍ୟକ୍ତି ବିଶେଷଙ୍କ ନାମରେ ନାମିତ ହୋଇ ନଥିଲା । ଏହି ଯୋଜନାକୁ ଅନୁଦାନ ନ ଦେବା ଅର୍ଥ ବନ୍ଦ କରିବା ସଙ୍ଗେ ସମାନ । ଡବଲ ଇଞ୍ଜିନ ସରକାରରେ ଶ୍ରମିକଙ୍କୁ ଅଧିକ ରୋଜଗାର କ'ଣ ମିଳିବ ଓଲଟି ସେମାନଙ୍କ ପେଟକୁ ଲାତ୍? ମାରିବା ଭଳି ହୋଇଥିବା କଟାକ୍ଷ କରିଛନ୍ତି ମୁକ୍ତା ଯୋଜନାରେ ପୂର୍ବତନ ଉପଦେଷ୍ଟା ମୀରା ପରିଡ଼ା । କୋଭିଡ ମହାମାରୀ ସମୟରେ କାମଧନ୍ଦା ପାଇଁ ଏହି ଯୋଜନା ଆରମ୍ଭ ହୋଇଥିଲା । ଏବର ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ସେତେବେଳେ ବିରୋଧୀ ଦଳରେ ବିଧାୟକ ବି ଥିଲେ । ହେଲେ ଆଜି ଏ କଥା ପଚାରିଲେ ଉପର ଠାଉରିଆ ଭାବେ ଉତ୍ତର ଦେଉଛନ୍ତି । ସରକାର ବଦଳିଲେ କାମ କରିବା ତରିକା ବଦଳେ । ବଦଳେ ସରକାରଙ୍କ ବିକାଶ ଆଭିମୁଖ୍ୟ । ଗରିବଙ୍କୁ ରୋଜଗାର ଦେଉଥିବା ଯୋଜନାରେ କେଁ ପୂରାଇ ଏବର ସରକାର ଯେପରି ତାକୁ ଦିଶାହୀନ କଲେଣି । ସତେ ଯେମିତି ଲୋକଙ୍କ ମୌଳିକ ଅଧିକାର ସୁରକ୍ଷା ଏ ସରକାର ପାଖରେ ଯେପରି ଗୌଣ ହୋଇଯାଇଛି ।

## ଲୁଗା ଦୋକାନରେ ଲାଗିଲା ନିଆଁ, ଜଳିଗଲେ ମାଲିକ

ଭୁବନେଶ୍ୱର,୧୫।୧୧(ପି.ଏନ):ଲୁଗା ଦୋକାନରେ ଲାଗିଲା ନିଆଁ। ପୋଡିଗଲେ ଦୋକାନ ମାଲିକ। ଆଜି ଅପରାହ୍ନରେ ଏପରି ମର୍ମନ୍ତୁଦ ଘଟଣା ଖୋର୍ଦ୍ଧା ଜିଲ୍ଲା ଜଟଣୀ ରାଜା ବଜାରରେ ଘଟିଛି। ଏଥିରେ ଲକ୍ଷାଧିକ ଟଙ୍କାର ଲୁଗା ପୋଡି ଯାଇଛି। ଆଜି ଅପରାହ୍ନ ପ୍ରାୟ ୩ଟା ବେଳେ ଜଟଣୀ ରାଜା ବଜାରରେ ଥିବା ସୂର୍ଯ୍ୟ ମହାପାତ୍ରଙ୍କ ଲୁଗା ଦୋକାନରେ ନିଆଁ ଲାଗି ଯାଇଥିଲା। ଚାହୁଁ ଚାହୁଁ ନିଆଁ ପୂରା ଦୋକାନରେ ବ୍ୟାପି ଯାଇଥିଲା। ସ୍ଥାନୀୟ ଲୋକଙ୍କଠାରୁ ଖବର ପାଇଁ ଅଗ୍ନିଶମ କର୍ମଚାରୀମାନେ ଘଟଣା



ସ୍ଥଳରେ ପହଞ୍ଚିଥିଲେ। ନିଆଁ ଲିଭାଇବାକୁ ଉଦ୍ୟମ ଆରମ୍ଭ କରିଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ଅଗ୍ନିଶମ କର୍ମଚାରୀମାନେ ନିଆଁ ଆୟତ୍ତ କରିଥିଲେ। ଆଉ ଘର ଭିତରୁ ଦୋକାନ ମାଲିକ ଶ୍ରୀ ମହାପାତ୍ରଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରିଥିଲେ।









# ଟି ଟାଇମ୍

## ଟ୍ୟାକ୍ସି ଡ୍ରାଇଭରଙ୍କ ଖାତାକୁ ଆସିଲା ୧୦ହଜାର କୋଟି

ବରନାଲା ବ୍ୟାଙ୍କ ଅଧିକାରୀଙ୍କ ଦାୟିତ୍ୱହୀନତା କାରଣରୁ ଜଣେ ଟ୍ୟାକ୍ସି ଡ୍ରାଇଭରଙ୍କ ଆକାଉଣ୍ଟରେ ପ୍ରଥମେ ୯୮୦୫କୋଟି ଏବଂ ପରେ ୯୯୯କୋଟି (ମୋଟଓ ୧୦୮୦୪କୋଟି)ଟଙ୍କା ଜମା ହୋଇଗଲା। ଦୈନିକ ୫୦୦ଟଙ୍କା ରୋଜଗାର କରୁଥିବା ପାବର ବରନାଲାର ଏହି ଟ୍ୟାକ୍ସି ଡ୍ରାଇଭର ବଲବିନ୍ଦର ସିଂ ହଠାତଓ ଆଶ୍ଚର୍ଯ୍ୟ ହୋଇପଡିଥିଲେ। ମୋବାଇଲରେ ବ୍ୟାଙ୍କ ବାଲାନ୍ସ ମେସେଜଓ ପଢି ତୁରନ୍ତ ଦୌଡିଥିଲେ ଆୟକର କାର୍ଯ୍ୟାଳୟକୁ। ସିଧାସଳଖ ଆୟକର ଅଧିକାରୀଙ୍କ ଗୋଡତଳେ ପଡି ସେ କହିଥିଲେ ଯେ ମୋ ଆକାଉଣ୍ଟକୁ କିପରି ଏତେ ଟଙ୍କା ଆସିଲା ତାହା ମୁଁ ଜାଣିନାହିଁ। ଦୟାକରି ମୋତେ ଜେଲ ପଠାନ୍ତୁ ନାହିଁ। ବଲବିନ୍ଦରଙ୍କ ଷ୍ଟେଟ ବ୍ୟାଙ୍କ ଅଫଓ ପାଟିଆଲାରେ ଏକ ବ୍ୟାଙ୍କ ଆକାଉଣ୍ଟ ରହିଛି। ଏହି ବ୍ୟାଙ୍କର ଅଧିକାରୀମାନଙ୍କ ଦାୟିତ୍ୱ ହୀନତା ଯୋଗୁ ତାଙ୍କ ଆକାଉଣ୍ଟକୁ ଏହି ଟଙ୍କା ଆସିଥିଲା। ଘଟଣା ସମ୍ପର୍କରେ ଜଣାପଡିବା ପରେ ବ୍ୟାଙ୍କ ପ୍ରବନ୍ଧକ ରବିନ୍ଦର କୁମାର ସଫେଇ ଦେଇ କହିଥିଲେ ଯେ ଏହା ଏକ ବୈଷୟିକ ତ୍ରୁଟି ଥିଲା। ତୁରନ୍ତ ଏହି ଖାତାକୁ ଆମେ ବ୍ଲକଓ କରିଛୁ। ଯେଉଁ ଅଧିକାରୀଙ୍କ ଭୁଲ ଯୋଗୁ ଏହା ଘଟିଛି ତାଙ୍କ ବିରୁଦ୍ଧରେ ନିଶ୍ଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ଅନ୍ୟପଟେ ଖବର ପାଇବା ପରେ ଆୟକର ବିଭାଗର ଅଧିକାରୀମାନେ ଏହି ବ୍ୟାଙ୍କ ଉପରେ ରେଡଓ କରିଥିଲେ।

## ପ୍ଲାଷ୍ଟିକ୍ ବେବି

ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି । ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ । ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ । ଜେସିକାର ମା’ ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ । ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ । ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା’ ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା । ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି । ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ । ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ । ଏଥିପାଇଁ ଜେସିକାର ମା’ ବହୁତ ଚିନ୍ତିତ ଅଛନ୍ତି ।

## ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି । ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ । ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ । କଥାରେ କହନ୍ତି ବାପାମା’ଙ୍କୁ ଛାଡ଼ିଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ । କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ । ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍’ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ ଭଡ଼ାରେ ମିଳିଥାନ୍ତି । ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି । ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ । ଜାଣିରଖନ୍ତୁ ଏହି ୱେବ୍ ସାଇଟ୍‌ରେ କ’ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ ଉପଲବ୍ଧ କରେଇଥାଏ ।

# ପୁରାଣ କାହାଣୀ

## ଅଂହକାରରୂପୀ ସାପ



ମହାରାଷ୍ଟ୍ରର ସନ୍ଥ ଜ୍ଞାନେଶ୍ୱର, ନାମଦେବ ଓ ମୁକ୍ତାବାଈଙ୍କ ସହ ତୀର୍ଥ କରି ପ୍ରସିଦ୍ଧ ସନ୍ଥ ଗୋରାଙ୍କ ନିକଟରେ ପହଂଚିଲେ । ସନ୍ଥ ସମାଗମ ହେଲା, ଚର୍ଚ୍ଚ ଚାଲିଲା । ତବସ୍ୱନୀ ମୁକ୍ତାବାଈ ପାଖରେ ପଡିଥିବା ଏକ ବାଡ଼ିକୁ ଲକ୍ଷ୍ୟ କରି ଗୋରା କୁମ୍ଭାରଙ୍କୁ ପଚାରିଲେ ଇଏ କାଣ ? ଗୋରା ଉତ୍ତର ଦେଲେ ମାଠିଆ ପାକଳ ହୋଇଛି କି କଂଚା ଅଛି, ଜାଣିବା ପାଇଁ ଏହି ବାଡିରେ ଯାଂଚ କରେ । ମୁକ୍ତାବାଈ ହସିଦେଇ କହିଲେ ଆମେ ବି ତ ମାଟିର ପାତ୍ର । ଏଥିରେ ଆମକୁ ଯାଂଚ କରିପାରିବ ? ହଁ କାହିଁକି ନୁହେଁ, କହି ଗୋରା ଉଠିଲା ଏବଂ ସେଠାରେ ଉପସ୍ଥିତ ପ୍ରତ୍ୟେକ ମହାତ୍ମାଙ୍କ ମୁଣ୍ଡକୁ ବାଡ଼େଇଲେ । ସେମାନଙ୍କୁ ମଧ୍ୟରୁ କିଛି ଏଥିରେ ଖୁସି ହେଲେ , ଆଉ କିଛି ସାଧୁଙ୍କୁ ଏହା ରହସ୍ୟ ମନେହେଲା । କିନ୍ତୁ ନାମଦେବଙ୍କୁ ଖରାପ ଲାଗିଲା । ଜଣେ କୁମ୍ଭାର ତାଙ୍କ ଭଳି ସନ୍ଥଙ୍କୁ ବାଡ଼ିରେ ପରୀକ୍ଷା କରୁଛି, ଏହା ତାଙ୍କର ପସନ୍ଦ ହେଲା ନାହିଁ । ତାଙ୍କ ଚେହେରାରେ କ୍ରୋଧ ସ୍ପଷ୍ଟ ବାରି ହେଉଥିଲା। ନାମଦେବଙ୍କ ପାଳି ପଡ଼ିଲା । ଗୋରା ତାଙ୍କ ମୁଣ୍ଡରେ ରଖି କହିଲା ଏ ପାତ୍ର କଂଚା ଅଛି । ତା ପରେ ନାମଦେବଙ୍କୁ ଧୀର ସ୍ୱରରେ କହିଲେ ତପସ୍ୱୀ ଶ୍ରେଷ୍ଠ, ଆପଣ ନିଶ୍ଚୟ ସନ୍ଥ କିନ୍ତୁ ଆପଣଙ୍କର ହୃଦୟରେ ଅହଂକାର ରୂପୀ ସାପ ଏବେ ବି ମରିନାହିଁ । ସେଥିପାଇଁ ମାନ ଆପମାନ ଆନକୁ ଆପଣଙ୍କ ଧ୍ୟାନ ତୁରନ୍ତ ଚାଲିଯାଉଛି । ଯେତେବେଳେ ଜଣେ ସଦ୍‌ଗୁରୁ ଆପଣଙ୍କ ମାର୍ଗଦର୍ଶନ କରିବେ, ଏସାପ ସେତେବେଳ ମରିବ । ସନ୍ଥ ନାମଦେବ ବୁଝିପାରିଲେ । ନିଜ ଭିତରେ ଅହଂକାର ମରିଗଲା । ନାମଦେବଙ୍କୁ ଆଜି ସମସ୍ତେ ଜାଣନ୍ତି, କିନ୍ତୁ ମୂଳଦୁଆ ତଳ ପଥର ଭଳି ଲୋକଙ୍କ ଆଖିରୁ ଦୁରେଇ ଯାଇଛନ୍ତି ଗୋରା । ନାମଦେବଙ୍କୁ ଅଂହକାରମୁକ୍ତ କରିବାରେ ତାଙ୍କର ସବୁଠୁ ବନ ଯୋଗଦାନ ଥିଲା । ପ୍ରକୃତରେ କହିବାକୁ ଗଲେ ନାମଦେବଙ୍କ ଅସଲ ଗୁରୁ ଗୋରା । ତାଙ୍କ କଥାରେ ନାମଦେବ ବିଠୋବା ଖେଚରଙ୍କଠୁ ଦୀକ୍ଷା ନେଲେ ।

## ୨୮ ବର୍ଷ ପରେ ସନ୍ତାନ



ଇଟାଲିର ଛୋଟ ସହର ଓସଟାନାରେ ୧୯୮୭ ପରେ ପ୍ରତମ ତର ଶିଶୁର କାନ୍ଦ ସ୍ୱର ଶୁଣିବାକୁ ମିଳିଛି । ପାବ୍‌ଲୋ ନାମକ ଏହି ଶିଶୁ ତୁରିନ୍ ହସ୍ପିଟାଲ୍‌ରେ ଜନ୍ମ ହୋଇଛି । ତାର ଜନ୍ମ ପରେ ସମଗ୍ର ଅଂଚଳରେ ଖୁସିର ଲହରୀ ଖେଳିଯାଇଛି, ବେଶ ଧୂମଧାମ୍‌ରେ ଉତ୍ସବ ପାଳିତ ହୋଇଛି । ଓସଟାନାର ଲୋକସଂଖ୍ୟା ୮୪ । ଏବେ ଏହି ସଂଖ୍ୟା ୮୫ ହୋଇଛି । ପିଡ୍‌ମଂଟ ଅଂଚଳରେ ପାହାନ ମଝିରେ ସ୍ଥିତ ଓସଟାନାର ମେୟର୍ ଗିୟାକୋମା ଲୋମ୍ବାରଡୋ ଏ ନେଇ ବହୁତ ଖୁସି । ଦୀର୍ଘ ଦିନର ସ୍ୱପ୍ନ ସତ ହୋଇଛି ବୋଲି ସେ କହିଛନ୍ତି । ଉନବିଂଶ ଶତାବ୍ଦୀ ଆରମ୍ଭରେ ୧ ହଜାର ଲୋକ ଏଁଠାରେ ବାସ କରୁଥିଲେ । ଧୀରେ ଦୀରେ ଜନସଂଖ୍ୟା କମିଲା । ୧୯୭୫ରେ ଜନ୍ମହାର ବହୁତ କମିଲା । ୧୯୭୬ ଓ ୧୯୮୭ ମଧ୍ୟରେ ୧୭ ପିଲା ଜନ୍ମ ହୋଇଥିଲେ । ଏହି ସମସ୍ୟାରୁ ମୁକୁଳିବା ପାଇଁ ଓସଟାନା ନୂଆ ଚାକିରି ସୃଷ୍ଟି କରିବାକୁ ଯୋଜନା କରୁଛି । ସହରର ପରମ୍ପରା ରକ୍ଷା କରିବା ପାଇଁ ଏହାର ପ୍ରବେଶ ଦ୍ୱାରରେ ଏକ ବଗ ମଡେଲ ନିର୍ମିତ ହୋଇଛି । ତା ଅଂଟରେ ନୀଳ ରଙ୍ଗର ଗୋଟିଏ ଛୋଟ ବିଡ଼ା ଅଛି ।

## ଭୋଡକା ନେଲା ଜୀବନ



ଜୋସରେ ଆସି ହୋସ ଉଡାଇବା ଅନୁଚିତ । ବ୍ରାଜିଲର ବାଉର ମସକିଟୋ ୟୁନଭରସିଟିର ଛାତ୍ର ସାଙ୍ଗମାନଙ୍କ ସହ ମିଶି ଭୋଡକା ପିଇବାର ବାଜି ଲଗାଇଥିଲେ । ୨୩ ବର୍ଷୀୟ ହମବ୍ରୋଟ ମୁର ଫୋନସକା ୧ ମିନିଟରେ ୨୫ ଭୋଡକା ସୋଟସ ପିଇଥିଲେ । ହମବ୍ରୋଟଙ୍କଠାରୁ ଅନ୍ୟ କେହି ଶୀଘ୍ର ପିଇ ପାରିନଥିଲେ । ୨୫ଟି ଭୋଡକା ପିଇବା ପରେ ଜ୍ୱର ହେବା ପରି ଅନୁଭବ କରିଥିଲେ । ନିଶା ଅଧିକ ହୋଇ ଯାଇଥିବାରୁ ସେ ଅଚେତ ହୋଇପଡିଥିଲେ । ହମବ୍ରୋଟଙ୍କ ଅନ୍ୟ ସାଙ୍ଗମାନେ ବାନ୍ତି କରିବାରେ ଲାଗିଲେ । ସ୍ୱାସ୍ଥ୍ୟାବସ୍ଥା ଖରାପ ହେବାରୁ ଆମ୍ବୁଲାନ୍ସ ଡାକିବାକୁ ପଡିଥିଲା । ଭୋଟକା ପିଇଥିବା ସମସ୍ତ ଛାତ୍ରଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । କିନ୍ତୁ ହମବ୍ରୋଟଙ୍କ ହସ୍ପିଟାଲ ଯିବା ରାସ୍ତାରେ ମୃତ୍ୟୁ ହୋଇଥିଲା ।

## ମୋଗଲ ଯୁଗର ଘଣ୍ଟେୱାଲା ଦୋକାନ

ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଣ୍ଟେୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତ୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଣ୍ଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## କର୍କଟ ରୋଗୀଙ୍କୁ କେଶ ଦାନ

ମୁମ୍ବାଇର ପ୍ରାୟ ୫୨ ଯୁବତୀ ସେମାନଙ୍କର କେଶ କର୍କଟ ଗୋଗୀଙ୍କର କେଶ କର୍କଟ ଗୋଗୀଙ୍କୁ ଦାନ କରିଛନ୍ତି । କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସ୍ଥାନୀୟ ପେଦାର୍ ରୋଡ଼ ସ୍ଥିତ ଯଶଲୋକ ଡାକ୍ତରଖାନା ପକ୍ଷରୁ ଏହି ପଦକ୍ଷେପ ନିଆଯାଇଛି । କର୍କଟ ପୀଡ଼ିତମାନେ ହଠାତ୍ ନିଜର ଶାରୀରିକ ପରିବର୍ତ୍ତନକୁ ଗ୍ରହଣ କରିପାରନ୍ତି ନାହିଁ । ଫଳରେମାନସିକ ଦୁଶ୍ଚିନ୍ତା ଓ ଅବସାଦର ଶିକାର ହୁଅନ୍ତି । ଡାକ୍ତରକାନା ସହ ହେୟାର୍ ଷ୍ଟାଇଲିଶ ସପ୍ନା ଭବାନାନୀ ସାମିଲ ହୋଇଛନ୍ତି । କେଶ ଦାତାଙ୍କୁ ସେ ନୂଆ ଲୁକ୍ ଦେଇଛନ୍ତି । ଦାନ କରାଯାଇଥିବା କେଶକୁ କର୍କଟ ରୋଗୀଙ୍କ କଲ୍ୟାଣ ପାଇଁ କାର୍ଯ୍ୟରତ ଏକ ଏନ୍‌ଜିଓରେ ପ୍ରଦାନ କରାଯାଇଛି । ଏହା କେଶରେ ୱିଗ୍ ତିଆରି କରି କର୍କଟ



ରୋଗୀଙ୍କୁ ଦିଆଯିବ । କେଶ ଦାନ କରିଥିବା ୨୧ ବର୍ଷୀୟ ସ୍ନେହ ଶେଟ୍ଟୀ କହନ୍ତି ମୋ କେଶ ପାଇଥିବା ମହିଳା ଏବେ ଖୁସି ହୋଇପାରିବେ ଏବଂ ପୂର୍ବ ଭଳି ପୁଣି ଥରେ ସୌନ୍ଦର୍ଯ୍ୟ ଫେରିପାଇଥିବେ ।

# ଆଜିର ଭାଗ୍ୟ

**ମେଷ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

## ୬ବର୍ଷ ବୟସରୁ ଦିଆଯାଏ ଶାରିରୀକ ସମ୍ପର୍କ ରଖିବାର ଶିକ୍ଷା

ପାପୁଆ ନ୍ୟୁ ଗିନି ସାଧାରଣତଃ ୬/୭ବର୍ଷ ବୟସର ଶିଶୁମାନେ ନିଜକୁ ପାଠ ପଢା ଓ ଖେଳ କୁଦରେ ମସଗୁଲ ରଖିଥାନ୍ତି । ହେଲେ ଏପରି ଏକ ଜନଜାତି ଆଜି ବି ପୃଥିବୀ ପୃଷ୍ଠରେ ବାସ କରୁଛନ୍ତି ଯେଉଁମାନେ ସେମାନଙ୍କର ପିଲାମାନଙ୍କୁ ୬ବର୍ଷ ବୟସରୁ ଶାରିରୀକ ସମ୍ପର୍କ ରକ୍ଷା କରିବାର ଶିକ୍ଷା ପ୍ରଦାନ କରିଥାନ୍ତି । ଏହି ଜନଜାତି ହେଉଛନ୍ତି ପାପୁଆ ନ୍ୟୁ ଗିନିରେ ରହୁଥିବା ଟ୍ରୋବ୍ରିଆଣ୍ଡ। ୬ବର୍ଷ ବୟସରୁ ସେମାନଙ୍କୁ ଏହି ଶିକ୍ଷା ଦେବାପରେ ୧୦ବର୍ଷ ବୟସରୁ ସେମାନଙ୍କୁ ବିବାହ ବନ୍ଧନରେ ବାନ୍ଧିଥାନ୍ତି। ଏହି ଜନଜାତିର ଅଭିଭାବକମାନେ ସେମାନଙ୍କର ଶିଶୁମାନଙ୍କୁ କିପରି ଶାରିରୀକ ସମ୍ପର୍କ ରକ୍ଷା କରାଯିବ ତା’ର ପ୍ରଶିକ୍ଷଣ ଦିଅନ୍ତି। ପୁଅ ଓ ଝିଅ ମନୋନୀତ କରିବା ଏହା ଉଭୟ ପରିବାରର ସହମତିରେ ହିଁ ହୋଇଥାଏ। ସାଧାରଣତଃ ଯେଉଁ ପୁଅ ଝିଅଙ୍କ ମଧ୍ୟରେ ଶାରିରୀକ ସମ୍ପର୍କ ପାଇଁ ଅଭିଭାବକମାନେ ସହଯୋଗ ଯୋଗାଇଥାନ୍ତି ସେମାନଙ୍କ ମଧ୍ୟରେ ହିଁ ହୁଏ ବିବାହ। ଅନେକ ବର୍ଷ କାଳରୁ ଏହି ପରମ୍ପରା ଚାଲିଆସୁଛି। ସେହିପରି ଜନଜାତିର ଅନେକ ଅଜବ ନିୟମ ଆଜି ବି ରହିଛି। ଯେଉଁ କାରଣରୁ ଏହି ଆଇଲାଣ୍ଡରେ ରହୁଥିବା ଜନଜାତିଙ୍କୁ ଲଭ କମ୍ୟୁନିଟିଓ’ କୁହାଯାଏ। ବର୍ତ୍ତମାନ ଏହି ଜନଜାତିଙ୍କ ସଂଖ୍ୟା ୧୨ହଜାର ଥିଲାବେଳେ ବାହାର ଦୁନିଆ ସହ ସେମାନଙ୍କ ଯୋଗାଯୋଗ ଆଦୌ ନାହିଁ କହିଲେ ଚଳେ।




# ଚେନ୍ନାଇର ଚାଇନା ଲବି

ଭାରତର ମୋଟ ଜିଡିପି ଯେତେ ଆପଲ କମ୍ପାନୀର ବାଣିଜ୍ୟ ସେତେ ବୋଲି ଖବର ପ୍ରକାଶ ପାଇଛି । ତିନି ଟ୍ରିଲିଅନ ଡଲାର ବାର୍ଷିକ ବାଣିଜ୍ୟକରି ଆପଲ କମ୍ପାନୀ ମାଇଲଖୁଣ୍ଟ ସ୍ଥାପନା କରିଛି । ଅଥଚ ଚୀନ ପରେ ଭାରତରେ ଉତ୍ପାଦନ କେନ୍ଦ୍ର ଖୋଲିଥିବା ଏହି କମ୍ପାନୀ ଏବେ ନିଜର ଚେନ୍ନାଇସ୍ଥିତ କାରଖାନାକୁ ବନ୍ଦ କରିଛି । ଆଇଫୋନ୍ ଉତ୍ପାଦନ ହେଉଥିବା ଏହି କମ୍ପାନୀ ଏବେ ଚୀନର ଷଡଯନ୍ତ୍ର ଓ ଭାରତରେ ଥିବା ଚୀନା ସମର୍ଥକଙ୍କ ଷଣ୍ଢଆସୀ ଆକ୍ରମଣର ଶିକାର ହୋଇ କମ୍ପାନୀର ଉତ୍ପାଦନ ବନ୍ଦ ରଖିବାକୁ ବାଧ ହୋଇଛି । ଏଠାରେ କାର୍ଯ୍ୟରତ ସତର ହଜାର ଶ୍ରମିକଙ୍କ ଆନ୍ଦୋଳନ ଯୋଗୁ କମ୍ପାନୀ ସଙ୍କଟର ସମ୍ମୁଖୀନ ହୋଇ କ୍ଷତି ସହିବାରେ ଲାଗିଛି ।

“ବଞ୍ଚିବା ପାଇଁ ଗୋଟିଏ ବାଟ ଲଢେଇ ଆଉ ଧର୍ମଘଟ”- ଏହି ସ୍ଲୋଗାନକୁ ପାଥେୟ କରି କାର୍ଯ୍ୟରତ ବାମପନ୍ଥୀ ଶ୍ରମିକଗୋଷ୍ଠୀ କିପରି ଅତୀତରେ ପଶ୍ଚିମବଙ୍ଗର କମ୍ପାନୀଗୁଡିକରେ ତାଲା ପକାଇ ସବୁଦିନ ପାଇଁ ସଂସ୍ଥାଗୁଡିକୁ ବନ୍ଦ କରିଦେବାକୁ ସକ୍ଷମ ହୋଇଥିଲେ ତାହା ସମସ୍ତଙ୍କୁ ଜଣାଅଛି । ଏବେ ସେହି ଗୋଷ୍ଠୀ ଚୀନ ପାଇଁ ବ୍ୟାଟିଂ କରିବାକୁ ବାହାରି ଚେନ୍ନାଇର ଆପଲ କମ୍ପାନୀକୁ ବନ୍ଦ କରିଦେବାକୁ ଅଣ୍ଟାଭିଡି ବାହାରିଛନ୍ତି । ଦେଖିବାକୁ ଗଲେ କେରଳ ପରି ତାମିଲନାଡୁରେ କେନ୍ଦ୍ର ସରକାର ଓ ମୋଦିଙ୍କ ବିରୋଧରେ ଅନେକ ଗୋଷ୍ଠୀ ବେଶ୍ ସକ୍ରୀୟ ରହିଛନ୍ତି । ସେମାନେ ଏବେ ହିନ୍ଦୀ-ହିନ୍ଦୁ-ହିନ୍ଦୁସ୍ଥାନର ବିରୋଧରେ କାର୍ଯ୍ୟ କରିବାକୁ ମେଣ୍ଟ ଗଢିଛନ୍ତି । ଏହି ଗୋଷ୍ଠୀରେ କେନ୍ଦ୍ର ବିରୋଧୀ ଡିଏମ୍‌କେ, କଂଗ୍ରେସ, ସାମ୍ୟବାଦୀ, ମୁସଲିମ ଏବଂ ଖ୍ରୀଷ୍ଟିଆନଙ୍କ ସଂଗଠନ ସହ ସେମାନଙ୍କ ସହଯୋଗୀ, ଗଣମାଧ୍ୟମ ଆଦି ରହିଛନ୍ତି । ପ୍ରଚାର କ୍ଷେତ୍ରରେ ଚୀନର ପେ-ଲିଷ୍ଟରେ ଆଗରେ ରହିଛି “ଦି ହିନ୍ଦୁ” ଖବରକାଗଜ, ଯାହା ପ୍ରତି ଦୁଇଦିନରେ ଥରେ ଜିନପିଙ୍ଗଙ୍କ ସଂକୀର୍ତ୍ତନ କରିବାକୁ ଭୁଲ କରେନାହିଁ । ଯେଉଁଥି ପାଇଁ ଚୀନ କମ୍ୟୁନିଷ୍ଟ ପାର୍ଟିର ୧୦୦ବର୍ଷ ପୂର୍ତ୍ତି ଅବସରରେ ଏହି ଖବରକାଗଜର ମୁଖ ପୃଷ୍ଠା ଭରି ବିଜ୍ଞାପନ ମିଳିଥିଲା ଚୀନ ସରକାରଙ୍କ ଠାରୁ । ଚୀନା ନିବେଶ, ପ୍ରକଳ୍ପ ଏବଂ ଶିଳ୍ପର ସୁରକ୍ଷା ପାଇଁ ଏହି ଖବରକାଗଜର ପ୍ରକାଶନ ସମୂହ ଆଜିଯାଏ ଚୀନ ସରକାରଙ୍କ ସ୍ୱାର୍ଥରେ ନିଷ୍ଠାପର ଭାବେ କାର୍ଯ୍ୟକରି ଆସିଛି ଏବଂ ସେଥିପାଇଁ ଚୀନ ସରକାରଠାରୁ ମଧ୍ୟ ଆର୍ଥିକ ପୁରସ୍କାର ଲାଭ କରିଆସୁଛି । କେନ୍ଦ୍ର ସରକାରଙ୍କ ବିବିଧ ଯୋଜନାକୁ କିପରି ବିଫଳ କରିହେବ ସେଥିପାଇଁ ଏହି କାଗଜ ସମାଲୋଚନାର କୀଳା ସଜାଡି ଥାଏ । ପିଏଲ୍ଆଇ ସ୍କିମରେ ଯେଉଁ ତାଇଓ୍ୱାନ କମ୍ପାନୀ ଭାରତରେ ଉତ୍ପାଦନ କରିବାକୁ ଚୀନଛାଡି ଭାରତ ଆସିଲେ ସେମାନଙ୍କ ବିରୋଧରେ ଯୋଜନାବଦ୍ଧ ଭାବେ ଏହି ଖବରକାଗଜରେ ସମ୍ବାଦମାନ ପ୍ରକାଶ କରାଗଲା । ସେମାନେ ଶ୍ରମ ବିରୋଧୀ କାର୍ଯ୍ୟ କରୁଛନ୍ତି ବୋଲି କହି ବାମପନ୍ଥୀ ଶ୍ରମିକ ସଂଗଠନ ମାଧ୍ୟମରେ ଆନ୍ଦୋଳନ ଆରମ୍ଭ କରାଗଲା । ତାଇଓ୍ୱାନ କମ୍ପାନୀକୁ କିପରି ଭାରତରେ କାର୍ଯ୍ୟ କରିବାକୁ ଦିଆଯିବ ନାହିଁ, ଚୀନ ସରକାରଙ୍କ ସ୍ୱାର୍ଥରେ ସେମାନଙ୍କର କାରଖାନାକୁ କିପରି ନଷ୍ଟ କରାଯିବା, ସେଥିପାଇଁ ଷଡଯନ୍ତ୍ର ହେଲା । ସାଧାରଣ ବିଷୟକୁ ଅସାଧାରଣକରି ପ୍ରଚାର କରାଯିବା ସହ ସରକାରୀ ଚାପ ପ୍ରୟୋଗ କରିବାକୁ କ୍ଷେତ୍ର ପ୍ରସ୍ତୁତ କରାଗଲା । ବିଗତ ଦିନମାନଙ୍କରେ ଏହି ଗୋଷ୍ଠୀଗୁଡିକର ଷଡଯନ୍ତ୍ର ଯୋଗୁ ଅନେକ କାରଖାନାରେ ତାଲା ଝୁଲିଛି । ତେଣୁ କେନ୍ଦ୍ର ସରକାର ଗୋଟିଏ ପଟେ ଆତ୍ମନିର୍ଭର ଭାରତ ଆହ୍ୱାନ ଦେଇ ହଜାର ହଜାର କୋଟିର ପ୍ରୋତ୍ସାହନ ରାଶି ମାଧ୍ୟମରେ ବିଦେଶୀ ଶିଳ୍ପକୁ ଭାରତରେ ଉତ୍ପାଦନ କରିବାକୁ ଆହ୍ୱାନ ଦେଲାବେଳେ ଦ୍ରାବିଡନାଡୁର ଏହି ଗାତ୍ରଦାହୀ ଗୋଷ୍ଠୀ ସବୁ ଯୋଜନାଗୁଡିକୁ ବିଫଳ କରିବାରେ ଲାଗିଛନ୍ତି । ଦେଶ ବିରୋଧୀ କାର୍ଯ୍ୟରେ ସାମିଲଥିବା ଏହିସବୁ ଶକ୍ତି ସମ୍ବିଧାନର ଆଳରେ ଦେଶରେ ଅଶେଷ କ୍ଷତିସାଧନ କରିବାରେ ଲାଗିପଡିଛନ୍ତି । ନିକଟରେ ତାମିଲନାଡୁର ଚେନ୍ନାଇ ନିକଟସ୍ଥ ପେରୁମ୍ବୁଦୁରଠାରେ ଥିବା ଫୋକ୍ସକନ୍ କମ୍ପାନୀରେ ଶ୍ରମିକ ଅଶାନ୍ତି ପଛରେ ଚୀନର ହାତଥିବା ସଂକ୍ରାନ୍ତରେ ଇଂରାଜୀ ଦି ଓ୍ୱିକ ପକ୍ଷରୁ ପ୍ରକାଶ ପାଇଛି । ଆପଲ ପାଇଁ ମୋବାଇଲ ନିର୍ମାଣକାରୀ ଏହି କମ୍ପାନୀରେ ସଂଗଠିତ ୧୭୦୦୦ କର୍ମଚାରୀଙ୍କ ଆନ୍ଦୋଳନ ପଛରେ ଯେଉଁ ଶ୍ରମିକ ସଂଗଠନଗୁଡିକ କାର୍ଯ୍ୟ କରୁଥିଲେ ସେମାନଙ୍କ ସହ ଚୀନର ଏଜେଣ୍ଟମାନଙ୍କ ହାତଥିବା ନେଇ ଗୋଇନ୍ଦା ଖବର ପ୍ରକାଶ ପାଇଛି । କ୍ୟାଣ୍ଟିନରେ ଖାଦ୍ୟର ଗୁଣବତ୍ତାକୁ କେନ୍ଦ୍ର କରି ହୋଇଥିବା ଅଭିଯୋଗ ଓ କମ୍ପାନୀର ଉତ୍ପାଦନ ବନ୍ଦ କରାଯିବାକୁ ଶ୍ରମିକ ସଂଗଠନ ଓ ରାଜନେତାଙ୍କ ଚାପ ତଥା ମିଡିଆର ପ୍ରଚାର ପଛରେ ଚୀନର ଯୋଜନା ରହିଛି । କାରଣ ଆମେରିକା-ଚୀନ ଲଢେଇରେ ଭାରତ ଉତ୍ପାଦନର ବିକଳ୍ପ କେନ୍ଦ୍ରଭାବେ ମୁଣ୍ଡ ଟେକୁଥିବା ଯୋଗୁ ଚୀନର ଗାତ୍ରଦାହ ବଢିଛି । ଭାରତରେ କାର୍ଯ୍ୟରତ ତାଇଓ୍ୱାନର କମ୍ପାନୀ-ଗୁଡିକ ହେଲେ କର୍ଣ୍ଣାଟକର ନରସାପୁରାସ୍ଥିତ ଓ୍ୱିଷ୍ଟ୍ରନ୍ ଇନ୍‌ଫୋକମ୍, ଚେନ୍ନାଇ ନିକଟସ୍ଥ ମହିନ୍ଦ୍ରା ସିଟୀରେ ଥିବା ପେଗାଟ୍ରନ ଟେକ୍‌ନୋଲୋଜି ପ୍ରା ଲିମିଟେଡ୍ । କିଛିମାସ ତଳେ ସମାନ ଢଙ୍ଗରେ ଓ୍ୱିଷ୍ଟ୍ରନ୍‌ର ଉତ୍ପାଦନକୁ ବନ୍ଦ କରି ଦିଆଯାଇଥିଲା । ସେଠାରେ କମ୍ପାନୀ ଭଙ୍ଗାରୁଜା ପାଇଁ ଏସ୍‌ଏଫ୍‌ଆଇର ଜଣେ ଛାତ୍ରନେତାଙ୍କୁ ଗିରଫ କରାଯାଇ ଥିଲା ଯିଏକି ସିପିଏମ୍‌ର ଛାତ୍ର ଶାଖାର ସଦସ୍ୟ । ଅତୀତରେ ସନମିନା, ଫୋର୍ଡ, ପିପିଜି ଏସିଆନ ପେଣ୍ଟସ, ଏନ୍‌ଫିଲ୍ଡ ଇଣ୍ଡିଆ ଲିମିଟେଡ୍ ପରି ବହୁରାଷ୍ଟ୍ରୀୟ କମ୍ପାନୀଗୁଡିକରେ ଆନ୍ଦୋଳନ ହୋଇ ତାଲା ପଡିଥିଲା । କମ୍ପାନୀ ପରିସର ଭିତରେ ଶ୍ରମିକ ସଂଗଠନର କାର୍ଯ୍ୟକୁ ଅନୁମତି ମିଳିନଥିଲା । ଶ୍ରମିକ ସଂଗଠନ ସହ ସଂପୃକ୍ତ ଥିବା ଶ୍ରମିକମାନଙ୍କର ଚାକିରୀ ସୁରକ୍ଷା ନଥିଲା । ସେମାନେ ଠିକାରେ କାମ କରୁଥିଲେ । ତେଣୁ ପେସାଦାର ଶ୍ରମିକ ନେତାମାନେ ରାଜନେତା ଏବଂ ଗଣମାଧ୍ୟମକୁ ହାତ କରି କମ୍ପାନୀ ଭିତରେ ଶ୍ରମିକଙ୍କ ପାଇଁ ସୁବିଧା ନଥିବା ଅଭିଯୋଗ ଆଣିଥିଲେ । ଅଭିଯୋଗ ଆଧାରରେ ନିଉ ଡେମୋକ୍ରାଟିକ ଲେବର ଫ୍ରଣ୍ଟ, ପିପୁଲ୍‌ସ ଡେମୋକ୍ରାଟିକ୍ ୟୁଥ ଆସୋସିଏସନ୍, ପିପୁଲସ ରାଇଟସ୍ ପ୍ରୋଟେକସନ ସେଣ୍ଟର, ଷ୍ଟୁଡେଣ୍ଟସ୍ ଫର ରାଇଜିଙ୍ଗ୍ ମୁଭମେଣ୍ଟ ଆଦି ସଂଗଠନର ନେତୃତ୍ୱରେ ଆନ୍ଦୋଳନ ହେଲା । ଫଳରେ କମ୍ପାନୀ କାମବନ୍ଦ କରିବାକୁ ନିଷ୍ପତ୍ତି ନେଲା ।

କାରଣ ରାଜ୍ୟ ସରକାରଙ୍କ ଯେଉଁ ପ୍ରତିନିଧିମାନେ କମ୍ପାନୀର ପରିଦର୍ଶନରେ ଗଲେ ସେମାନେ ଶ୍ରମିକ ସଂଗଠନଙ୍କ ଭାଷାରେ ହିଁ ମତ ଦେଲେ । ପ୍ରତି ଶ୍ରମିକକୁ ଅତି କମ୍‌ରେ ୫୦ ବର୍ଗ ଫିଟ ସ୍ଥାନ ହଷ୍ଟେଲରେ ଦେବାକୁ, ବିଦ୍ୟୁତ କାଟ ବେଳେ ଇନ୍‌ଭର୍ଟର ଯୋଗାଇ ଦେବାକୁ ଦାବି ହେଲା । ଫକ୍ସକନ୍ କମ୍ପାନୀ ଶ୍ରମିକଙ୍କ ପାଇଁ ପ୍ରଥମେ ସବୁ ସୁବିଧାର ବ୍ୟବସ୍ଥା କରିବାକୁ ରାଜ୍ୟର ଶ୍ରମମନ୍ତ୍ରୀ ସିଭି ଗଣେଶନ କହିଛନ୍ତି ।

ତାମିଲନାଡୁର ଶ୍ରୀ ପେରୁମ୍ବୁଦୁର ଅଞ୍ଚଳରେ ସିପିଏମ୍‌ର ଶ୍ରମିକ ସଂଗଠନ ସିଟୁର ପ୍ରଭାବ ରହିଛି। ଅତୀତରେ ୨୦୧୪ରେ ନୋକିଆର ହ୍ୟାଣ୍ଡସେଟ୍ ଫକ୍ସକନ୍ ନିର୍ମାଣ କରୁଥିଲା । ନୋକିଆ ହ୍ୟାଣ୍ଡସେଟକୁ ମାଇକ୍ରୋସଫ୍ଟ କମ୍ପାନୀ ସେତେବେଳେ ୭ ବିଲିଅନ ଡଲାର ଦେଇ କିଣିଥିଲା । ଟିକସ ଦେଣନେଣକୁ କେନ୍ଦ୍ର କରି ବିବାଦ ସୃଷ୍ଟି ଯୋଗୁ ସେହି କମ୍ପାନୀ ବନ୍ଦ ହୋଇଥିଲା । ପୂର୍ବରୁ ତାମିଲନାଡୁର ଫୋର୍ଡ କାର କମ୍ପାନୀ ତାର କାରଖାନାକୁ ବନ୍ଦ କରିବାକୁ ବାଧ ହେବାପରେ ଭାରତ ଛାଡି ଚାଲିଗଲା ସେହି କମ୍ପାନୀକୁ ଅଧିଗ୍ରହଣ କରିବାକୁ ଟାଟା କମ୍ପାନୀ ଚେଷ୍ଟା ଚଳାଇଛି । ଦେଖିବାକୁ ଗଲେ ଆପଲ କମ୍ପାନୀର ଉତ୍ପାଦନ ଚୀନ, ବ୍ରାଜିଲ ଏବଂ ଭାରତରେ ରହିଛି । ଯଦି ଏପରି ଅଯଥା ଶ୍ରମିକ ଅଶାନ୍ତି ଲାଗିରହେ ତେବେ ଚେନ୍ନାଇ କୋଲକାତାର ସ୍ଥାନ ନେବାକୁ ଅଧିକ ସମୟ ନେବ ନାହିଁ । ଏଠାରେ ଉଲ୍ଲେଖ ଯୋଗ୍ୟ ଯେ, ଚେନ୍ନାଇସ୍ଥିତ ଫକ୍ସକନ୍ କମ୍ପାନୀର ଖାଦ୍ୟ ସ୍ଥାନୀୟ କଣ୍ଟ୍ରାକ୍ଟର ଯୋଗାଇଥାଏ । ଖାଦ୍ୟପ୍ରସ୍ତୁତିର ମାନକୁ କେନ୍ଦ୍ର କରି ଉଠିଥିବା ପ୍ରଶ୍ନ ସହ କମ୍ପାନୀର ସିଧା ସଂପୃକ୍ତି ନାହିଁ । ତଥାପି ସ୍ଥାନୀୟ କଣ୍ଟ୍ରାକ୍ଟର ଖାଦ୍ୟର ଗୁଣବତ୍ତା ବଜାୟ ରଖିବାକୁ କୁହାଯାଇଛି । କମ୍ପାନୀର ହଷ୍ଟେଲରେ ପରଷା ଯାଇଥିବା ଖାଦ୍ୟଖାଇ ଶ୍ରମିକ ଅସୁସ୍ଥ ହୋଇପଡିଥିଲେ । ଡିସେମ୍ବର ୧୫ରେ ପ୍ରଥମେ ଏହା ବିରୋଧରେ ଛୋଟ ଆନ୍ଦୋଳନ ଆରମ୍ଭ ହୋଇ ୧୯ ଡିସେମ୍ବରକୁ ଚେନ୍ନାଇ-ବାଙ୍ଗାଲୋର ସଡକ ପଥକୁ ବନ୍ଦ କରାଯାଇଥିଲା । ଅସୁସ୍ଥ କର୍ମଚାରୀମାନଙ୍କୁ ପୁନାମାଲ୍ଲେ, ନେମାସ, ଥିରୁମାଝିସାଇ, ଆନ୍ନାନଗର, ଅମ୍ବାଟୁର, ଭେଲାପାଞ୍ଚଓ୍ୱାଡି, କିଲପକର ଡାକ୍ତରଖାନାଗୁଡିକରେ ଭର୍ତ୍ତି କରାଯାଇଥିଲା । କାଞ୍ଚିପୁରମ୍ ଜିଲ୍ଲାପାଳ ଏମ୍. ଆରତିଙ୍କ କହିବାନୁସାରେ କମ୍ପାନୀ ପକ୍ଷରୁ ସବୁ ପ୍ରକାର ସୁବିଧା ଯୋଗାଇ ଦେବାକୁ କୁହାଯାଇଛି । କାରଣ କମ୍ପାନୀ ପରିସରରେ ରହୁଥିବା ୭୦୦୦ ମହିଳା ଶ୍ରମିକଙ୍କୁ କଣ୍ଟ୍ରାକ୍ଟର କିମ୍ବା ଏଜେଣ୍ଟମାନେ ଆଣି ରଖାଇଛନ୍ତି । ଡିସେମ୍ବର ୧୮ରେ ମହିଳା ଶ୍ରମିକମାନେ ଅସୁସ୍ଥ ହେବାପରେ କାରଖାନା କର୍ତ୍ତୃପକ୍ଷ ବ୍ୟବସ୍ଥାରେ ସୁଧାର ପାଇଁ ଉତ୍ପାଦନ ବନ୍ଦ ରଖିବା କଥା କହିଛନ୍ତି । ପ୍ରାୟ ୧୧ଜଣ କଣ୍ଟ୍ରାକ୍ଟର ଶ୍ରମିକଙ୍କ ଖାଦ୍ୟ ଯୋଗାଣରେ ଥିବାରୁ କମ୍ପାନୀ ସେମାନଙ୍କଠାରୁ ଉତ୍ତରଦାୟିତ୍ୱ ଆବଶ୍ୟକ କରୁଛି । ଜିଲ୍ଲା ପ୍ରଶାସନର କମ୍ପାନୀ ଏବଂ ସ୍ଥାନୀୟ କଣ୍ଟ୍ରାକ୍ଟରଙ୍କ ମଧ୍ୟରେ ଯୋଗସୂତ୍ର ରହିବା ଆବଶ୍ୟକ । କୌଣସି ସ୍ଥାନୀୟ ଅସନ୍ତୋଷକୁ ଆଧାର କରି ଚୀନର ଲବି ଯେପରି ଡେଇଁ ପଡୁଛନ୍ତି ସବୁକିଛି ବନ୍ଦ କରିବାକୁ, ତାହା ଶିଳ୍ପ ପାଇଁ କ୍ଷତିକାରକ । ରାଜ୍ୟ ଓ କେନ୍ଦ୍ର ସରକାର ଶିଳ୍ପ ବିରୋଧୀ ଏହି ପେସାଦାର ଧର୍ମଘଟକାରୀଙ୍କଠାରୁ ଶିଳ୍ପଗୁଡିକୁ ରକ୍ଷା କରିବା ପାଇଁ ଆବଶ୍ୟକ ନୀତି ପ୍ରଣୟନ କରିବା ଜରୁରୀ ହୋଇ ପଡିଲାଣି ।

# କାଥୋଲିକ ଓ ପ୍ରୋଟେଷ୍ଟାଣ୍ଟ ବିବାଦ

ଆମ ଦେଶର ଜାତିଗତ ବିବାଦ ସଂପର୍କୀୟ ଘଟଣା ସବୁବେଳେ ଆମେ ବହୁଳ ଭାବରେ ଆଲୋଚନା କରି ସେ ସମୟର ନିର୍ଯାତନା ପାଇଁ ଏବେ ମଧ୍ୟ କିଛି ନିର୍ଦ୍ଦିଷ୍ଟ ଜାତି ବା ସଂପ୍ରଦାୟଙ୍କୁ ଦାୟୀ କରି ନିନ୍ଦା ଓ ଭର୍ତ୍ସନା ଜାରି ରଖିଛୁ । ପ୍ରତିଦିନ ମନୁଙ୍କ ସପ୍ତପୁରୁଷକୁ ଶ୍ରାଦ୍ଧ କରାଯାଉଛି । ବ୍ରାହ୍ମଣମାନଙ୍କ ମୁହଁରେ କଳା ବୋଳାଯାଉଛି । ଆମ ଦେଶରେ ଜାତିଗତ ବିଭେଦ ପାଇଁ କେବେ ରକ୍ତପାତ ହୋଇ ନଥିଲା । ସମୟ ଅନୁଯାୟୀ ଲୋକମାନେ ଅତୀତକୁ ଭୁଲି ସଂହତିର ଜୀବନ କଟାଇଲା ବେଳକୁ ଆମ ନେତାମାନେ ଲୋକମାନଙ୍କୁ ଶାନ୍ତିରେ ରଖାଇ ଦେଉନାହାନ୍ତି । ଦଳିତ, ଅନୁସୂଚିତ ବୋଲି ଅନେକ ଶବ୍ଦ ସୃଷ୍ଟି କରି ସବୁବେଳେ ଅତୀତକୁ ଉଖୁରାଉଛନ୍ତି । ନାନାପ୍ରକାର ସଂରକ୍ଷଣରେ ଦେଶକୁ ଶତ ବିଭକ୍ତ କରି ନିଜର ଭୋଟବ୍ୟାଙ୍କ ସୃଷ୍ଟି କରି ଚାଲିଛନ୍ତି ।

ମଧ୍ୟଯୁଗରେ ଖାଲି ଭାରତ ନୁହେଁ, ପୃଥିବୀର ସବୁଆଡେ ଭୟଙ୍କର ଧର୍ମଗତ ବିଭେଦ ଲାଗିଥିଲା । ଯେଉଁ ୟୁରୋପୀୟମାନେ ଆଜି ସାହେବ ହୋଇଛନ୍ତି, କ୍ରୀତଦାସ ପ୍ରଥା ଭଳି ଜଘନ୍ୟ ପ୍ରଥାକୁ ଶହ ଶହ ବର୍ଷ ବଂଚ-ାଇ ରଖିଥିଲେ । ମଣିଷକୁ ପଶୁଠାରୁ ଆହୁରି ହୀନ କରିଥିଲେ । ଖ୍ରୀଷ୍ଟଆନମାନେ ସେମାନଙ୍କର ଜାତିଭେଦ ନାହିଁ କହି ଆମକୁ ଘୃଣା କରନ୍ତି, ସେମାନଙ୍କର କାଥୋଲିକ ଓ ପୋଟେଷ୍ଟାଣ୍ଟମାନଙ୍କ ମଧ୍ୟରେ ବିବାଦ ହୋଇ ଶହ ଶହ ଜିଅନ୍ତା ମଣିଷକୁ କିପରି ପୋଡି ମାରୁଥିଲେ, ତାହାର ସାକ୍ଷୀ ଇତିହାସ ହିଁ ରହିଛି ।

ପ୍ରଥମ ଖ୍ରୀଷ୍ଟାବ୍ଦରେ ପ୍ରାଚୀନ ଇସ୍ରାଏଲ ଭୂମି (ଜୁଡାଇ)ର ଜେସସ କ୍ରାଏଷ୍ଟ ଖ୍ରୀଷ୍ଟଧର୍ମ ପ୍ରଚାର କରିଥିଲେ । ଏକ ନୂତନ ଧର୍ମ ଆଗମନରେ ଆତଙ୍କିତ ହୋଇ ସେଠାର ମୂଳ ଅଧିବାସୀ ଇହୁଦୀମାନଙ୍କର ପୂଜକ ମାନେ ରୋମାନ ଶାସକ ହିରୋଡଙ୍କ ଆଗରେ ଯୀଶୁଙ୍କ ବିରୁଦ୍ଧରେ ଆରୋପ ଆଣି ତାଙ୍କୁ କ୍ରୁସ ବିଦ୍ଧ କରାଇ ହତ୍ୟା କରିଥିଲେ । ସେତେବେଳେ ଧର୍ମରେ ନୂଆ ଚିନ୍ତାଧାରାକୁ ପ୍ରାଣଦଣ୍ଡ ଦେଇ ଦବାଇ ଦିଆଯାଉଥିଲା । ପରେ ପଲ, ପିଟର ଭଳି ଶିଷ୍ୟମାନେ ଆତ୍ମବଳି ଦେଇ ଏହାର ପ୍ରଚାର କରିଥିଲେ । ନୂତନ ଧର୍ମାବଲମ୍ବୀମାନେ ନାନା ନିର୍ଯାତନାର ଶିକାର ହେଲେ । ତୃତୀୟ ଶତାବ୍ଦୀରେ ରୋମ ସମ୍ରାଟ କନଷ୍ଟାଣ୍ଟାଇନ ରୋମର ରାଜଧର୍ମ ରୂପେ ଖ୍ରୀଷ୍ଟଧର୍ମ କୁ ଗ୍ରହଣ କରିବାରୁ ଏହା ସାରା ରୋମ ସାମ୍ରାଜ୍ୟରେ ବ୍ୟାପିଗଲା । ଚର୍ଚ୍ଚମାନ ପ୍ରତିଷ୍ଠା କରାଗଲା । ରୋମର ବିଶପଙ୍କୁ ପୋପ କୁହାଗଲା । ଧର୍ମକୁ ରୋମାନ କାଥୋଲିକ (Universal) ଧର୍ମ ନାମ ଦିଆଗଲା । ଖ୍ରୀଷ୍ଟ ଧର୍ମର ଧର୍ମଗ୍ରନ୍ଥ ବାଇବେଲ ଲାଟିନ ଭାଷାରେ ଲେଖା ଥିଲା । ପ୍ରତି ରବିବାର ଦିନ ଚର୍ଚ୍ଚକୁ ଯିବା ବାଧ୍ୟତାମୂଳକ ଥିଲା । ମଣିଷର ବ୍ୟକ୍ତିଗତ ଜୀବନକୁ ଚର୍ଚ୍ଚ ନିୟନ୍ତ୍ରଣ କଲା । ୟୁରୋପର ଏକ ତୃତୀୟାଂଶ ଜମି ଚର୍ଚ୍ଚ ଅଧୀନରେ ଥିଲା । ପୋପ ଖ୍ରୀଷ୍ଟଆନ ଜଗତର ସର୍ବୋଚ୍ଚ ଧର୍ମଗୁରୁ ହେଲେ । ବିସପ, କାଡିନାଲ, ପ୍ରିଷ୍ଟ ମାଧ୍ୟମରେ ସାଧାରଣ ଲୋକମାନେ ଈଶ୍ୱରଙ୍କ ଉପଲବ୍ଧି କରୁଥିଲେ । ଅନୁତାପ, କନଫେସନ, ବାପ୍ଟିଜିମ ଓ ସତକାମ ଏହି ଧର୍ମର ମୂଳମନ୍ତ୍ର ଥିଲା । ପୋପ ସମସ୍ତ ଖ୍ରୀଷ୍ଟିଆନ ଜଗତର ସର୍ବୋଚ୍ଚ ଗୁରୁ ଥିଲେ । ସେ ବିସପ, କାଡିନାଲମାନଙ୍କୁ ନିଯୁକ୍ତି ଦେଉଥିଲେ । ପାପାଲ କିଙ୍ଗଡମ ନାମରେ ରାଜ୍ୟର ଶାସକ ମଧ୍ୟ ଥିଲେ । ପ୍ରତ୍ୟେକ ଶାସକ ନିଜ ଅଭିଷେକ, ବିବାହ ପାଇଁ ପୋପଙ୍କର ଅନୁମତି ନେଉଥିଲେ । କାଥୋଲିକ ଧର୍ମରେ କୌଣସି ଭିନ୍ନମତକୁ ଆଶ୍ରୟ ଦିଆଯାଉ ନ ଥିଲା । ନିଜର ନୂଆ ମତ (Heliocentrism,The Sun not Earth is in centre) ପାଇଁ ବୟସ୍କ ବୈଜ୍ଞାନିକ ଗାଲିଲିଓଙ୍କୁ ନାନା ଅପମାନ ଦିଆଗଲା (୧୬୩୪) । ସେ ମିଛୁଆ ଓ ଉଦଭ୍ରାନ୍ତ (Heratic) ବୋଲି ଘୋଷଣା କରାଗଲା । ସେ ଜୀବନଯାକ ଗୃହବନ୍ଦୀ ରହିଲେ । କବର ପାଇଁ ଯାଗା ଦିଆଗଲା ନାହିଁ । କାଳକ୍ରମେ ଅନେକ ଚିନ୍ତାଶୀଳ ବ୍ୟକ୍ତି ଧର୍ମର ସଂସ୍କାର ଚାହିଁଲେ । ସେମାନଙ୍କ ମଧ୍ୟରେ ଜର୍ମାନର ମାର୍ଟିନ ଲୁଥର ଓ କାଲଭିନ ପ୍ରଧାନ । ସେ ୯୫ ଥେସିସ ନାମରେ ଏକ ପୁସ୍ତକ ଲେଖି (୧୫୨୩) ପୋପଙ୍କ ଆଧିପତ୍ୟକୁ ପ୍ରୋଟେଷ୍ଟ କରିବାରୁ ତାଙ୍କ ଧର୍ମକୁ ପ୍ରୋଟେଷ୍ଟାଣ୍ଟ କୁହାଗଲା । ସେମାନେ ବାଇବେଲକୁ ସ୍ଥାନୀୟ ଭାଷାରେ ଛପାଇଲେ । ଈଶ୍ୱର ଓ ବ୍ୟକ୍ତି ମଧ୍ୟରେ ପ୍ରିଷ୍ଟର (ଚର୍ଚ୍ଚ) ମାଧ୍ୟମ ଦରକାର ନାହିଁ ବୋଲି କହିଲେ । ମଦର ମେରୀଙ୍କ ଈଶ୍ୱରତ୍ୱକୁ ମାନିଲେ ନାହିଁ । ଅନୁତାପ, ସତକର୍ମ ବଦଳରେ ଈଶ୍ୱରଙ୍କ ପ୍ରତି ବିଶ୍ୱାସକୁ ପ୍ରାଧାନ୍ୟ ଦେଲେ । ଦଣ୍ଡରୁ କ୍ଷମା ପାଇଁ ଚର୍ଚ୍ଚମାନେ ଅର୍ଥ ନେବାକୁ ବିରୋଧ କଲେ । ସେମାନେ ନିଜର ସ୍ୱତନ୍ତ୍ର ଚର୍ଚ୍ଚ (Redemption) ପ୍ରତିଷ୍ଠା କଲେ । ପ୍ରତ୍ୟେକ ଚର୍ଚ୍ଚ ସମାନ ବୋଲି ଘୋଷଣା କଲେ । ଏହାର ସାମନା ପାଇଁ ପୋପ ସଂସ୍କାର କାର୍ଯ୍ୟକାରୀ କଲେ (୧୫୨୭) । ଜର୍ମାନୀର ଶାସକମାନେ ଲୁଥରଙ୍କୁ ସମର୍ଥନ କଲେ । ଜର୍ମାନୀ ସେତେବେଳେ ପବିତ୍ର ରୋମାନ ସମାଜର ଅନ୍ତର୍ଗତ ଥିଲା, ଯେ କି ପୋପଙ୍କର ଦୃଢ ସମର୍ଥକ ଥିଲେ । ଜର୍ମାନରେ ତିରିଶ ବର୍ଷ ଧରି ଯୁଦ୍ଧ ଚାଲିଲା । ଅନେକ ରାଜ୍ୟ ଧ୍ୱଂସ ହେଲା । କୁହାଯାଏ ଜର୍ମାନର ଏକ ତୃତିୟାଂଶ ଲୋକ ଏହି ଧର୍ମଯୁଦ୍ଧରେ ମରିଗଲେ । ଲାଟିନ ଆମେରିକା, ଇଟାଲି, ସ୍ପେନ୍, ପର୍ତ୍ତୁଗାଲ, ୨୩-ଇଷ୍ଟର୍ଣ୍ଣ ଅର୍ଥୋଡକ୍ସ କାଥୋଲିକ ଧର୍ମର (୧.୨ ବିଲିଅନ) ସମର୍ଥକ ଥିଲେ । ଜର୍ମାନ, ଫ୍ରାନସ, ଆମେରିକା, ହଲାଣ୍ଡ ପ୍ରୋଟେଷ୍ଟାଣ୍ଟକୁ ଆପଣାଇଲେ (୮୦ ମିଲିଅନ) । ଏଥିନେଇ ଦେଶ-ଦେଶ ମଧ୍ୟରେ ଯୁଦ୍ଧ ଚାଲିଲା । ଇଂଲଣ୍ଡର ହେନେରି-୮ଙ୍କ ପୋପଙ୍କ ସହ ବିବାଦ ହେବାରୁ ସେ ନିଜ ଦେଶରେ କାଥୋଲିକ ଚର୍ଚ୍ଚମାନ ବନ୍ଦ କରାଇଦେଲେ । ଅତ୍ୟାଚାରରୁ ରକ୍ଷାପାଇବା ପାଇଁ ଅନେକ ଦେଶ ଛାଡିଲେ । ତାଙ୍କ କନ୍ୟା ମେରି ଶାସକ ହେଲାପରେ କାଥୋଲିକଙ୍କୁ ସମର୍ଥନ କଲେ । ପ୍ରୋଟେଷ୍ଟାଣ୍ଟ ମାନଙ୍କୁ ମୃତ୍ୟୁଦଣ୍ଡ ଦେଉଥିଲେ । ତାଙ୍କର ମାତ୍ର ୫ ବର୍ଷ ଶାସନ ମଧ୍ୟରେ ଆର୍କ ବିଶପ କାଉନବରି (କ୍ରାନମର)ଙ୍କ ସମେତ ୨୭୮ଜଣଙ୍କୁ ନିଆଁରେ ପୋଡି ମାରିଥିଲେ । ସେଥିପାଇଁ (Inquisition Law) ବୋଲି ଲୋକେ ଡାକିଲେ । ସ୍ପେନର ଜଣେ ପ୍ରୋଟେଷ୍ଟାଣ୍ଟ କେଟେନ ରିପିଲ (ଶିକ୍ଷକଙ୍କୁ) ଧର୍ମଯାଜକ ପ୍ରିସାଲିନଙ୍କୁ ପୋଡି ମାରିଦିଆଗଲା । ତାଙ୍କର ଅପରାଧ ହେଲା ସେ ଚର୍ଚ୍ଚରେ ପ୍ରାର୍ଥନା ନକରି ଘରେ ପ୍ରାର୍ଥନା କରାଉଥିଲେ । ଆୟରଲାଣ୍ଡରେ କାଥୋଲିକମାନଙ୍କୁ ୪୫ ଫୁଟ ବାଡ ଦିଆଯାଇ ନିଆରା ରଖାଗଲା । ଇଂଲଣ୍ଡରେ ଗୃହଯୁଦ୍ଧ ହୋଇ ରାଜା ଚାର୍ଲସ (କାଥୋଲିକ)ଙ୍କୁ ହତ୍ୟା କରାଗଲା । ସାରା ୟୁରୋପରେ ଇହୁଦୀ ମାନଙ୍କୁ ଘୃଣା କରି ଘେଟୋରେ ରଖାଗଲା ।

ଭିନ୍ନ ମତାବଲମ୍ବୀମାନଙ୍କୁ ନିୟନ୍ତ୍ରଣରେ ରଖିବା ପାଇଁ ପୋପ କାଥେଲିକମାନଙ୍କ Inquisition Law ପ୍ରଣୟନ ପାଇଁ ଆଦେଶ ଦେଲେ । ଏହା ବର୍ତ୍ତମାନର ତାଲିବାନ ଆଇନଠାରୁ ଆହୁରି ଜଘନ୍ୟ ଥିଲା । ସ୍ୱତନ୍ତ୍ର ବିଚାରପତି ନିଯୁକ୍ତି ପାଇଲେ । ଯେଉଁମାନେ ଠିକ୍ ଭାବେ ଧର୍ମ ଆଚରଣ କରୁନଥିବେ (Heratics, Heresy) ସେମାନଙ୍କ ପାଇଁ ବିଭିନ୍ନ ଦଣ୍ଡର ବ୍ୟବସ୍ଥା ରହିଲା । ବିଶେଷତଃ ନିୟୁ ଖ୍ରୀଷ୍ଟିଆନ (Converted Christian)ମାନେ ନିଜ ପୁରୁଣା ଧର୍ମର ବ୍ୟବସ୍ଥା ମାନୁଥିବାରୁ ଏହାର ଶିକାର ହେଉଥିଲେ । ଦଣ୍ଡ ହେଲା, ନିଆଁରେ ପୋଡି ମାରିବା, ସାଧାରଣ ଜାଗାରେ ବାନ୍ଧି ଚାବୁକ ମାରିବା, ଲୋକମାନେ ଟେକା ଫିଙ୍ଗିବା, ଛିପ ପକାଇବା, ଯାହା ଏକ ପୂଣ୍ୟ କାର୍ଯ୍ୟ ବୋଲି ବିବେଚିତ ଥିଲା । ନିର୍ଜନ କାରାବାସ, ଦେଶାନ୍ତର, ଉପରୁ କଚାଡି ହାଡ ଗୋଡ ଭାଙ୍ଗି ଦେବା । ଶାସକ ମାନେ ନିଜ ବିରୋଧୀଙ୍କୁ ଏହି ସୁଯୋଗରେ ଧର୍ମଦ୍ରୋହୀ କହି ଦଣ୍ଡ ଦେଲେ । ସାରା ୟୁରୋପ ଓ ସେମାନଙ୍କର କଲୋନିମାନଙ୍କରେ ହଜାର ହଜାର ବ୍ୟକ୍ତିଙ୍କୁ ହତ୍ୟା କରାଗଲା । ପର୍ତ୍ତୁଗୀଜ ଅଧିକୃତ ଗୋଆରେ ଧର୍ମପ୍ରାଣ ସେଣ୍ଟ ଫ୍ରାନସିସ ଜାଭିଅରଙ୍କ ଆଦେଶରେ ୭୦ ଜଣଙ୍କୁ ନିଆଁରେ ପୋଡି ମାରି ଦିଆଯାଇଥିଲା । ୟୁରୋପରୁ ଏହି କଳାରାତି ନେପୋଲିଅନଙ୍କ ଆବିର୍ଭାବରେ ସମାପ୍ତ ହୋଇଥିଲା । ସେ ଆଦେଶ ଦେଇ ଏହି ଆଇନକୁ ଉଠାଇ ଦେଇଥିଲେ । ଆମର ଅତୀତକୁ ସମାଲୋଚନା କଲା ବେଳେ ସେହି ଉନ୍ନତ ଦେଶମାନଙ୍କ ଅତୀତକୁ ତୁଳନା କଲେ, ଆମ ବ୍ୟବସ୍ଥା ଯେ ତାଙ୍କ ଠାରୁ ସହସ୍ରଗୁଣ ଉଦାର ଥିଲା, ତାହା ନିଃସନ୍ଦେହରେ କୁହାଯାଇପାରିବ । ସେଥିପାଇଁ ଆମର ଅତୀତରେ ଯାହାକିଛି ଦୁର୍ବଳତା ରହିଛି, ତାହା ପାଇଁ ଲଜ୍ଜିତ ହେବାର ଆବଶ୍ୟକତା କିଛି ନାହିଁ ।

# ବିଷାଦଗ୍ରସ୍ତ ଭାରତ

ବ୍ୟସ୍ତବହୁଳ ଜୀବନରେ ଜଞ୍ଜାଳମୟ ମୁହୂର୍ତ୍ତ ସମସ୍ତଙ୍କୁ ଅସ୍ତବ୍ୟସ୍ତ କରୁଛି। କର୍ମକ୍ଷେତ୍ର ଠାରୁ ବୃତ୍ତିଗତ କ୍ଷେତ୍ର ସବୁଠି ବ୍ୟସ୍ତତା, ଅଶାନ୍ତି ଓ ବିଶାଦର ଚିହ୍ନ। ନିକଟରେ ଜାତୀୟ ସ୍ୱାସ୍ଥ୍ୟ ବୁଲେଟିନର ତଥ୍ୟକୁ ଅନୁଯାୟୀ ଭାରତକୁ ଏକ ପ୍ରକାର ବିଷାଦମୟ ପରିବେଶ ସଂକ୍ରମିତ କରିଛି ବୋଲି ପରୋକ୍ଷରେ ତଥ୍ୟ ରଖିଛି। କେବଳ ସେତିକି ନୁହେଁ ସମାଜ ବିଜ୍ଞାନୀଙ୍କ ମତରେ ଭାରତକୁ କୁହାଯାଇଛି ଆତ୍ମହତ୍ୟାର ରାଜଧାନୀ। ଏହାର କାରଣ ଭାବେ ମେଡ଼ିକାଲ ରିସର୍ଚ୍ଚ ଆସୋସିଏସନ୍ ଦର୍ଶାଇଛି ଯେ ଭାରତ ଦିନକୁ ଦିନ ଅଧିକରୁ ଅଧିକ ବିଷାଦଗ୍ରସ୍ତ ହୋଇ ପଡୁଛି। ଏହାର କାରଣ ଅନେକ। ଯୁବକମାନଙ୍କ ଭିତରେ ରହିଛି ପରୀକ୍ଷା ବା ଚାକିରୀ ପାଇବାରେ ବିଫଳତା ଏବଂ ବେକାରୀ। ପ୍ରେମଜନିତ ଆତ୍ମହତ୍ୟା ଘଟନା ବି ବେଶ୍ ବଢ଼ିବାରେ ଲାଗିଛି। ସେହିପରି ଘରଣୀମାନେ ମଧ୍ୟ ଆଗଠାରୁ ଅଧିକ ସଂଖ୍ୟାରେ ଆତ୍ମହତ୍ୟା କରୁଛନ୍ତି। ସେମାନଙ୍କ ପରେ ଆସୁଛନ୍ତି ବୃଦ୍ଧ ବା ବୃଦ୍ଧା। ବରିଷ୍ଠ ନାଗରିକମାନେ ମଧ୍ୟ ନିଃସଙ୍ଗତା ଓ ଆର୍ଥିକ ଅନଟନଜନିତ କାରଣରୁ ବିଷାଦଗ୍ରସ୍ତ ହୋଇ ଆତ୍ମହତ୍ୟା କରୁଛନ୍ତି। ଏକ ସର୍ବେକ୍ଷଣରୁ ଜଣାପଡ଼ିଛି ଭାରତର ପ୍ରାୟ ଦୁଇ ତୃତୀୟାଂଶ ଲୋକେ ସାମାନ୍ୟ ଭାବେ ବିଷାଦଗ୍ରସ୍ତ। କିନ୍ତୁ ଏକ ଚତୁର୍ଥାଂଶ ଭାରତ ଅତି ମାତ୍ରାରେ ବିଷାଦଗ୍ରସ୍ତ, ଯାହାକି ଆତ୍ମହତ୍ୟାର ମୁଖ୍ୟ କାରଣ। ଜଣାପଡ଼ିଛି ଯେ ଭାରତରେ ଏବେ ପ୍ରତି ପନ୍ଦର ମିନିଟ୍‌ରେ ତିନିଟି ଆତ୍ମହତ୍ୟା ଘଟନା ଘଟୁଛି। ଏହି ତିନିଟି ଭିତରୁ ୧୮ରୁ ୨୯ ବର୍ଷ ବୟସ ଭିତରେ ଯୁବକ ବା ଯୁବତୀଙ୍କ ସଂଖ୍ୟା ହେଉଛି ଗୋଟିଏ। ଭାରତକୁ ଆତ୍ମହତ୍ୟାର ରାଜଧାନୀ ବୋଲି କୁହାଯିବା ପଛରେ କାରଣ ହେଉଛି ପ୍ରତିବର୍ଷ ଯେତିକି ଆତ୍ମହତ୍ୟା ଘଟନା ରିପୋର୍ଟ ହେଉଛି ତା ସଂଖ୍ୟା ଏକ ଲକ୍ଷରୁ ଅଧିକ। ନ୍ୟାସନାଲ କ୍ରାଇମ୍ ବ୍ୟୁରୋର ରିପୋର୍ଟରୁ ଜଣା ପଡ଼ିଛି ଯେ ପ୍ରତିଟି ଆତ୍ମହତ୍ୟା ସଫଳ ହେବା ପଛରେ ରହିଥାଏ ପ୍ରାୟ ୧୨ଟି ବିଫଳ ଆତ୍ମହତ୍ୟାର ଉଦ୍ୟମ ହୋଇଥାଏ। ଜଣାପଡ଼ିଛି ଯେ ଭାରତରେ ବିଷ ପିଇ ଆତ୍ମହତ୍ୟା କରୁଥିବା ଲୋକଙ୍କ ସଂଖ୍ୟା ସର୍ବାଧିକ। ଏବେ ଆତ୍ମହତ୍ୟାର ଧାରାରେ ଯେଉଁ ପରିବର୍ତ୍ତନ ବିଷୟରେ ସୂଚନା ମିଳିଛି ତାହା ହେଲା, ଏବେ ବରିଷ୍ଠ ନାଗରିକମାନଙ୍କ ଦ୍ୱାରା ଆତ୍ମହତ୍ୟାର ସଂଖ୍ୟା ବଢ଼ିଛି। ଛାତ୍ରଛାତ୍ରୀମାନଙ୍କ ଭିତରେ ଆତ୍ମହତ୍ୟାକୁ ରୋକିବାକୁ ହେଉଥିବା ବିଭିନ୍ନ ସ୍ତରୀୟ ଉଦ୍ୟମ ପରେ ସେଥିରେ କିଞ୍ଚିତ ରୋକ ଲାଗିଥିବାର ଦେଖାଯାଉଛି। ଶାସ୍ତ୍ର କହୁଛି ମଣିଷ ହେଉଛି ଭଗବାନଙ୍କ ସୃଷ୍ଟିର ଶ୍ରେଷ୍ଠ ବରଦାନ। କିନ୍ତୁ ସବୁକିଛି ଥାଇ ବି ଆମ୍ଭମାନଙ୍କ ଭିତରେ ବିଷାଦ କାହିଁକି ସ୍ଥାନ ପାଉଛି। ଜୀବନରେ ଅଭାବ ଯନ୍ତ୍ରଣା, ଅପମାନ ଠାରୁ ଅନେକ ଝଡ଼ଝଞ୍ଜାର ସ୍ଥାନ ରହିଛି। ସବୁଠି ପରିସ୍ଥିତିର ପ୍ରତିକୂଳକୁ ସାମ୍ନା କରି ଜୀବନ ପଥକୁ ଆଗକୁ ମାଡ଼ିଚାଲିବାର କଥା। ଆମ୍ଭେମାନେ ଚେଇଁ ଶୋଇଲା ପରି ସବୁକିଛି ଜାଣି ବି ଅଜଣା ପାଲଟୁଛେ। ବିଷାଦର ମୁଖ୍ୟ କ୍ଷେତ୍ର ହେଉଛି ହତାଶବୋଧ ଯାହାକି ଜୀବନର ଶେଷ ରାସ୍ତାରେ ମଣିଷଟିକୁ ପହଞ୍ଚାଇ ଦେଉଛି। ବାସ୍ତବାଦୀ ଜୀବନରେ ଦରଦାମ୍‌ର ବୋଝ, ପରିବାରକୁ ସମୟ ଦେଇନପାରି ବ୍ୟସ୍ତତାର ମାନସିକତା, କାର୍ଯ୍ୟକ୍ଷେତ୍ରରେ ଗୁରୁଦାୟିତ୍ୱ, ଇପ୍‌ସିତ ବସ୍ତୁ ବା ସମ୍ପତି ନପାଇବା, ତଥାକଥିତ ଭାଗ୍ୟବାଦୀ ଜ୍ୟୋତିଷଙ୍କ ପରାମର୍ଶରେ ଭାଗ୍ୟନାହିଁ ବିଚାର କରିବା ପରି ବିଭିନ୍ନ ପ୍ରକାର ମାନସିକତା କବଳିତ କରୁଛି ଲୋକଚରିତ୍ରକୁ। ସମାଜରେ ବିଷାଦଗ୍ରସ୍ତତା ସବୁଠାରୁ ବଡ଼ ବ୍ୟାଧି ବୋଲି ମହାପୁରୁଷ ସେମାନଙ୍କ ମାର୍ଗଦର୍ଶନରେ କହିଛନ୍ତି। ବିଷାଦତା ଏକ ରୋଗ ନୁହେଁ ବାସ୍ତବରେ ଏହା ଏକ ମାନସିକତା। କ୍ଷୁଦ୍ର କୁଟୀରରେ ରାଜଉଆଁସର ସୁଖ ଜଣେ ପାଇ ନପାରେ କିନ୍ତୁ ଶାନ୍ତି ତ ନିଶ୍ଚିତ ପାଇପାରିବ ! ତେବେ ଏ ସବୁ ଜାଣି କ’ଣ ପାଇଁ ବିଷାଦଗ୍ରସ୍ତ ସମାଜରେ ଆମ୍ଭେମାନେ ଜୀବନ ନିର୍ବାହ କରୁଛେ। ଆସନ୍ତୁ ବିଷାଦଗ୍ରସ୍ତତାକୁ ମନ ଭିତରୁ ଦୂର କରି ଜୀବନକୁ ଭଲ କାମ ପାଇଁ ଭଲ ରାସ୍ତାରେ ନେବା ସହ ବିଷାଦଗ୍ରସ୍ତ ଭାରତକୁ ବଦଳାଇବାରେ ଗୁଣ୍ଡୁଚି ମୂଷା ପରି ଜଣେ ନାଗରିକ ହିସାବରେ ଦାୟିତ୍ୱ ନିର୍ବାହ କରି ସମାଜର କଲ୍ୟାଣ ସାଧିତ କରିପାରିବା।

# ପ୍ରଧାନଶିକ୍ଷକ ସମ୍ମିଳନୀ ଉଦଯାପିତ

ପୁରୀ,(ପି.ଏନ): ଟାଉନ ହଲ ଠାରେ ଦୀର୍ଘ ୩ ଦିନ ଧରି ପରିଚାଳିତ ହେଉଥିବା ପୁରୀ ଜିଲ୍ଲା ମାଧ୍ୟମିକ ବିଦ୍ୟାଳୟ ପ୍ରଧାନଶିକ୍ଷକ ସମ୍ମିଳନୀ ଆଜି ଉଦଯାପିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଗୃହ ତଥା କ୍ରୀଡ଼ା ଓ ଯୁବ ବ୍ୟାପାର ମନ୍ତ୍ରୀ ତୁଷାରକାନ୍ତି ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ପାଠପଢ଼ା ସହ କ୍ରୀଡ଼ା କ୍ଷେତ୍ରରେ ମଧ ଛାତ୍ରଛାତ୍ରୀ ମାନଙ୍କ ପ୍ରତି ଯତ୍ନବାନ ହେବାକୁ ପ୍ରେରଣା ଦେଇଥିଲେ। ପାଠରେ ଭଲ କରୁ ନ ଥିବା ଛାତ୍ର ମଧ କ୍ରୀଡ଼ା କ୍ଷେତ୍ରରେ ଭଲ କରି ଜୀବନ ଓ ଜୀବିକାକୁ ସାର୍ଥକ କରିପାରିବେ ବୋଲି ମତପୋଷଣ କରିଥିଲେ। ସମ୍ମାନୀତ ଅତିଥି ରୂପେ ପୁରୀ ଜିଲ୍ଲା ପରିଷଦ ଅଧ୍ୟକ୍ଷା ସ୍ୱପ୍ନାରାଣୀ ସ୍ୱାଇଁ ଉପସ୍ଥିତ ହୋଇ ଭାରତୀୟ ଶିକ୍ଷା ବ୍ୟବସ୍ଥାରେ ପ୍ରଧାନଶିକ୍ଷକ ମାନଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ ଓ ସେମାନେ ସକ୍ରିୟ ହେଲେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ହେବା ସହ ସାମଗ୍ରିକ ବିକାଶ ସାଧିତ ହୋଇପାରିବ ବୋଲି କହିଥିଲେ। ଏନ୍ ସି ଆର ଟି ପ୍ରଫେସର ଲକ୍ଷ୍ମୀଧର ବେହେରା ୨୦-୨୦ ନ୍ୟାସନାଲ ଏଜୁକେସନ ପଲିସି ସମ୍ବନ୍ଧରେ ବିଶଦ ବିବରଣୀ ପ୍ରଦାନ କରିଥିଲେ। ପୁରୀ ଜିଲ୍ଲା ସ୍କୁଲ୍ ପ୍ରଧାନଶିକ୍ଷୟତ୍ରୀ ଜ୍ୟୋତିର୍ମୟୀ ମିଶ୍ର ବିଦ୍ୟାଳୟର ପ୍ରାର୍ଥନା ସଭା ସୁପରିଚାଳନା ଓ ଅନ୍ୟାନ୍ୟ ଇନୋଭେଟିଭ୍ କାର୍ଯ୍ୟକ୍ରମ ସମ୍ପର୍କରେ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସମଗ୍ର ଶିକ୍ଷା ବିଭାଗର ରମେଶ ଚନ୍ଦ୍ର ସାହୁ ଓ ବିଚିତ୍ରାନନ୍ଦ ଜେନା ପେଡାଗୋଜି ଓ ଅର୍ଥ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ପୁରୀ ଆରଟିଓ ରବୀନ୍ ପଟ୍ଟନାୟକ ସଡକ ନିରାପତା ଓ ଡିସିପିଓ, ମନୋଜ କୁମାର ତ୍ରିପାଠୀ ଶିଶୁ ସୁରକ୍ଷା ବିଷୟରେ ଆଲୋଚନା କରିଥିଲେ । ଜିଲ୍ଲା ଶାରୀରିକ ଶିକ୍ଷା ନିରୀକ୍ଷକ ମହେନ୍ଦ୍ର କୁମାର ବିଶ୍ୱାଳ କ୍ରୀଡ଼ା, ସ୍କାଉଟସ୍ ଓ ଜୁନିୟର ରେଡ୍‌କ୍ରସ୍ ବିଷୟରେ ବିବରଣୀ ପ୍ରଦାନ କରିଥିଲେ । ବିଶ୍ୱଜିତ ଭୋଳ ପ୍ରୋଗ୍ରାମର, ପି ଏମ୍ ପୋଷଣ ଏମ୍ ଡି ଏମ୍ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ । ଅନ୍ତର୍ନିବେଶୀ ଶିକ୍ଷା ସଂଯୋଜକ କାର୍ତିକେଶ୍ୱର ପ୍ରଧାନ ଭିନ୍ନକ୍ଷମ ପିଲାମାନଙ୍କ ଅନ୍ତର୍ନିବେଶୀ ଶିକ୍ଷା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ସୁଶୀଲ କୁମାର ବ୍ରହ୍ମା ମଣ୍ଡଳ ଶିକ୍ଷାଧିକାରୀ, ଗୋପ, ଶିକ୍ଷାର୍ଥୀ ମାନଙ୍କ ବୀମା ଯୋଜନା ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ ।ସମସ୍ତ କାର୍ଯ୍ୟକ୍ରମ ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ମମତା ମିଶ୍ର ଓ ହିମାଂଶୁ ଭୂଷଣ ସମର୍ଥ ସଂଯୋଜନା ଓ ସଭାପତି ତଥା ଜିଲ୍ଲା ଶିକ୍ଷାଧିକାରୀ ଡଃ. ବିଶ୍ୱଜିତ ଘୋଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ପରିଚାଳିତ ହୋଇଥିଲା। ପ୍ରଧାନଶିକ୍ଷକ ରୂପଶ୍ରୀ ଛୋଟରାୟ ବିବରଣୀ ପାଠ କରିଥିଲେ ଓ ଶଙ୍କର କୁମାର ସୁବୁଦ୍ଧି ଧନ୍ୟବାଦ ଅର୍ପଣ କରିଥିଲେ ।

# ଭଣ୍ଡା କେ.ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ

ଚମ୍ପୁଆ, (ପି.ଏନ): ଚମ୍ପୁଆ ବ୍ଲକ ଅନ୍ତର୍ଗତ ଭଣ୍ଡା କେ. ବି. ସରକାରୀ ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ବିଦ୍ୟାଳୟ ପରିସରରେ ମହାସମାରୋହରେ ପାଳିତ ହୋଇଯାଇଛି । ଉତ୍ସବରେ ବିଦ୍ୟାଳୟର ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ହୃଦାନନ୍ଦ ମହାନ୍ତ ସଭାପତିତ୍ୱ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ପାଟଣାର ପୂର୍ବତନ ବିଧାୟକ ତଥା ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ହୃଷିକେଶ ନାଏକ, ମୁଖ୍ୟବକ୍ତା ଭାବେ ଭଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ମୁଖ୍ୟ ଚିକିତ୍ସାଧିକାରୀ ଡଃ. ଦୀପକ କୁମାର ସାହୁ, ସମ୍ମାନିତ ଅତିଥି ବଡ଼ବିଲ-ରୁଙ୍ଗଟା ମାଇନ୍ସର ବରିଷ୍ଠ ପ୍ରବନ୍ଧକ ଚିନ୍ମୟ କୁମାର ମହାନ୍ତ ଏବଂ ବିଦ୍ୟାଳୟର ଭାରପ୍ରାପ୍ତ ପ୍ରଧାନଶିକ୍ଷକ ବୈଲୋଚନ ମହାନ୍ତ ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀମାନେ ସଫଳତାର ସିଡି ଚଢ଼ିବାକୁ ହେଲେ ସ୍ୱପ୍ନ, ବିଶ୍ୱାସ, ଅଭ୍ୟାସ ଓ ସିଷ୍ଟମ୍ କୁ ଅନୁସରଣ କରିବାକୁ ପଡ଼ିବ ବୋଲି ଦିଗଦର୍ଶନ ଦେଇଥିଲେ। କଠିନ ପରିଶ୍ରମ କରି, ଭଲ ପାଠ ପଢ଼ି ବିଦ୍ୟାଳୟ ତଥା ଦେଶର ସୁନାମ ଆଣିବାକୁ ମୁଖ୍ୟ ଅତିଥି ତାଙ୍କ ବକ୍ତବ୍ୟରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ।

# ବ୍ରହ୍ମା କୁମାରୀ ଗୀତା ପାଠଶାଳାର ରୌପ୍ୟ ଜୟନ୍ତୀ ସମାରୋହ

ଗଞ୍ଜାମ, (ପି.ଏନ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱ ବିଦ୍ୟାଳୟ ଶାନ୍ତି ଶକ୍ତି ଭବନ ଦ୍ୱାରା ସ୍ଥାପିତ ତଥା ପରିଚାଳିତ ପିତଳ ତେଲିସାହି ସ୍ଥିତ ବ୍ରହ୍ମାକୁମାରୀ ଗୀତା ପାଠଶାଳାର ସ୍ଥାପନାର ୨୫ତମ ସ୍ୱନକ୍ଷତ୍ର ଦିବସ ତଥା ରୌପ୍ୟ ଜୟନ୍ତୀ ମହା ସମାରୋହରେ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ବର୍ଣ୍ଣାଢ୍ୟ ପରିବେଶରେ ଶାନ୍ତି ଶକ୍ତି ଭବନ ସଂଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ତଥା ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତିଙ୍କ କରକମଳରେ ଶିବଧ୍ୱଜା ଉତୋଳନ କରିବା ପରେ ଶତାଧିକ ଭଉଣୀ ଭାଇ ଶିବ ସନ୍ଦେଶ ଦେବା ଉଦ୍ଦେଶ୍ୟରେ ଶାନ୍ତି ଯାତ୍ରାରେ ପିତଳ, ତ୍ରିଅର, ବ୍ରାହ୍ମଣ ଛାଇ, ଆମ୍ବିଳାପଲ୍ଲୀ ଓ ପଙ୍କଲବାଡି ଆଦି ଗ୍ରାମ ପରିକ୍ରମା କରିଥିଲେ। ସନ୍ଧ୍ୟାରେ ପିତଳ ତେଲି ସାହି ସ୍ଥିତ ଗୀତା ପାଠଶାଳା ସମ୍ମୁଖରେ ଏକ ଆଧ୍ୟାତ୍ମିକ ସ୍ନେହ ମିଳନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ରୂପେ ଯୋଗଦେଇ ଥିଲେ ଗଞ୍ଜାମ ଜିଲ୍ଲା ପରିଷଦ ଅଧ୍ୟକ୍ଷା ଅଞ୍ଜଳୀ ସ୍ୱାଇଁ ଏବଂ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ ଧରାକୋଟର ପୂର୍ବତନ ସରପଂଚ ମନୋଜ ସ୍ୱାଇଁ, ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି, ଜିଲ୍ଲା ପରିଷଦ ପ୍ରତିନିଧି ବରୁଣ କୁମାର ପଲାଇ ।କାର୍ଯ୍ୟକ୍ରମର ମୁଖ୍ୟବକ୍ତା ରାଜ ଯୋଗିନୀ ବ୍ରହ୍ମାକୁମାରୀ ପ୍ରଭାତୀ ଭଉଣୀ ପ୍ରକାଶ କରିଥିଲେ ଯେ, ସହଜ ରାଜଯୋଗ ଅଭ୍ୟାସ କରି ବିଗତ ୨୫ ବର୍ଷ ମଧ୍ୟରେ ପିତଳ ଗ୍ରାମପଂଚାୟତର ଶତାଧିକ ଭଉଣୀ ଭାଇଙ୍କ ସରଳ, ନିରାଡମ୍ବର, ସାତ୍ୱିକ ଜୀବନଶୈଳୀ ଅଂଚଳବାସୀଙ୍କ ପାଇଁ ଆଦର୍ଶ ବନିଛି। ସମ୍ମାନିତ ଅତିଥି ଧରାକୋଟ ପୂର୍ବତନ ସରପଂଚ ମନୋଜ ସ୍ୱାଇଁ ଓ ବରିଷ୍ଠ ସାମ୍ବାଦିକ ଡକ୍ଟର ହୃଷୀକେଶ ମହାନ୍ତି ବ୍ରହ୍ମାକୁମାରୀ ମୁଖ୍ୟାଳୟ ମାଉଂଟ ଆବୁ ଦର୍ଶନ ସମୟର ଅନୁଭୁତି ପ୍ରକାଶ କରିଥିଲେ। ସମସ୍ତଙ୍କ ଗହଣରେ ରଜତ ଜୟନ୍ତୀ ଉପଲକ୍ଷେ ପରମାତ୍ମାଙ୍କ ସ୍ମୃତିରେ ପ୍ରଦୀପ ପ୍ରଜ୍ୱଳନ କରାଯାଇଥିଲା। ବ୍ରହ୍ମାକୁମାର ସତ୍ୟପ୍ରିୟ କାର୍ଯ୍ୟକ୍ରମ ପରିଚାଳନା କରିଥିବା ବେଳେ ବ୍ରହ୍ମାକୁମାର ପଂଚାନନ, ପଂଚାୟତ୍ରି, ରାମପ୍ରସାଦ, ଲୋଚନ, ରାଧାଶ୍ୟାମ ଓ ବ୍ରହ୍ମାକୁମାରୀ ଲୀଳା, ଭାଗ୍ୟ, ସୁଜ୍ଞାନୀ, ସ୍ମିତା, ସୁମିତ୍ରା, କସ୍ତୁରି, ସବିତା ତଥା ଅନ୍ୟାନ୍ୟ ଭଉଣୀ ଭାଇ ପରିଚାଳନାରେ ସହଯୋଗ କରିଥିଲେ।




# ଧାନ ଫସଲର କୀଟ ପରିଚାଳନା



ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ

କୃଷି ଓଡ଼ିଶାର ଅର୍ଥନୀତିର ମାପକାଠି ରୂପେ ବିବେଚନା କରାଯାଉଥିବା ବେଳେ ଏହାର ଜଳବାୟୁ ଅନୁସାରେ ଅଧିକାଂଶ ଲୋକ ଧାନ ଚାଷ ଉପରେ ନିର୍ଭରଶୀଳ। ମୁଖ୍ୟତଃ ୭୦ ଭାଗ ଲୋକ ଚାଷବାସ ଉପରେ ନିର୍ଭର କରନ୍ତି। ଓଡ଼ିଶାର ବିଭିନ୍ନ ଋତୁରେ ବିଭିନ୍ନ ଚାଷ କରାଯାଇଥିଲେ ହେଁ ଧାନ ମୁଖ୍ୟ ଚାଷ ଅଟେ। ମୁଖ୍ୟତଃ ଖରିଫ ଋତୁର ଆରମ୍ଭରେ ଧାନ ଚାଷ କରାଯାଇଥାଏ, ପରନ୍ତୁ ଧାନ ଚାଷର କେତେକ କ୍ଷତିକାରକ କୀଟ ଏହାର ଉତ୍ପାଦନରେ ହ୍ରାସ କରାଇଥାଏ। ବର୍ତ୍ତମାନ ସମୟରେ ଧାନ ଫସଲରେ କୀଟ ପରିଚାଳନା ଏକ ମୁଖ୍ୟ ଚିନ୍ତା ଭାବେ ଉଭା ହୋଇଛି। ତେବେ ଆସନ୍ତୁ ନଜର ପକେଇବା ଧାନ ଫସଲର ପ୍ରମୁଖ କୀଟମାନଙ୍କ ଉପରେ...

**ଚକଡା ପୋକ-** ଧାନ ର ଏକ ପ୍ରମୁଖ ଉତ୍ପାଦନ ହ୍ରାସକାରୀ କୀଟ ଭାବେ ଚକଡା ପୋକ ବେଶ ଜଣାଶୁଣା। କୃଷି ବିଜ୍ଞାନରେ ଏହାକୁ 'ବ୍ରାଉନ ପ୍ଲାଣ୍ଟ ହୋପର' ବୋଲି କୁହାଯାଏ। ତେବେ ଚକଡା ପୋକ ମୁଖ୍ୟତଃ ତିନୋଟି ସ୍ତର ଦେଇ ଗତି କରିଥାଏ-ଅଣ୍ଡା-ଅର୍ଭକ-ପୂର୍ଣ୍ଣାଙ୍ଗ କୀଟ। ପୂର୍ଣ୍ଣାଙ୍ଗ କୀଟ ଦେଖିବାକୁ ମାଟିଆ ରଙ୍ଗର ସ୍ତ୍ରୀ କୀଟଟି ୫ମି.ମି ଲମ୍ୱା ହୋଇଥିବା ବେଳେ ପୁରୁଷ କୀଟଟି ୪-୪.୫ ମି.ମି ଭିତରେ ଲମ୍ୱାଥାଏ। ପତ୍ର ର ମଝି ଭାଗରେ ଅଣ୍ଡା ଗୁଡିକ ଦେଖାଯାଏ (୨-୧୨) ଅଣ୍ଡା ଟି ଧଳା ଓ ବଙ୍କା ଆକୃତିର ହୋଇଥାଏ। ସମ୍ପୂର୍ଣ ଜୀବନ ଚକ୍ର ୧୮-୨୨ ଦିନ ଭିତରେ ଶେଷ ହୋଇଥାଏ।

ଲକ୍ଷଣ- ଏହାର ପୂର୍ଣ୍ଣାଙ୍ଗ କୀଟଟି ଗଛର ତଳ ଭାଗର ରସକୁ ଶୋଷି ଶୋଷି ଖାଇଯାଇଥାଏ। ଖାଇବା ସମୟରେ ଏହା ଏକ ବିଷାକ୍ତ ପଦାର୍ଥ ନିର୍ଗତ କରିଥାଏ। ଯାହା ଫଳରେ (ହୋପର ବର୍ନ) ଲକ୍ଷଣ ଦେଖାଯାଇଥାଏ। ପତ୍ର ଗୁଡିକ ହଳଦିଆ ପଡିଯିବା ସହିତ ଗୋଲାକୃତି ଆକାରରେ ଗଛ ଶୁଖିଯାଏ। ଏହା ଯେଉଁ ଧାନ ଗଛକୁ ଆକ୍ରମଣ କରିଥାଏ, ତାହାର କାଣ୍ଡ ଭାଗ ଶୁଖିଯାଏ ଓ ଏହା ଭବିଷ୍ୟତରେ କୁଟା ହୋଇପାରେ ନାହିଁ।

ପ୍ରତିକାର - * ଚକଡା କୀଟ ଆକ୍ରାନ୍ତ ଜମିରେ ଏକ କିସମକୁ ଦ୍ୱିତୀୟ ଥର ବ୍ୟବହାର କରନ୍ତୁ ନାହିଁ।

* ସହନଶୀଳ କିସମ ଯଥା ଗୋଦାବରୀ, କ୍ରିଷ୍ଣାଭେନି, ଚୈତନ୍ୟ ପ୍ରଭୃତି ବ୍ୟବହାର କରିବା ଆବଶ୍ୟକ।

* ଧାନ ଜମିର ମଝି ଭାଗରେ କନ୍ଦି କରନ୍ତୁ। ଏହାଦ୍ୱାରା ଉପଯୁକ୍ତ ସୂର୍ଯ୍ୟାଲୋକ ମିଳିପାରିବା ସହ ଆର୍ଦ୍ରତା ନିୟନ୍ତ୍ରଣ ହୋଇପାରିବ।

* ଜମିରୁ ଅନାବନା ଘାସ ଉପାଡିଦିଅନ୍ତୁ।

* ପୋକର ଗତିବିଧି ଲକ୍ଷ୍ୟ କରି କୀଟନାଶକ ବ୍ୟବହାର କରନ୍ତୁ।

* ଗଛର ତଳଭାଗକୁ କାର୍ବୋଫ୍ୟୁରାଣ ଦାନା ଏକରକୁ ୧୦ କି.ଗ୍ରା, ଏସିଫେଟ ଏକଲିଟର ପାଣିରେ ୧୫ କି.ଗ୍ରା ମିଶାଇ ୩-୪ ଥର ସ୍ପ୍ରେ କରନ୍ତୁ।



**ନଳି ପୋକ-** ଏହା ଧାନ ଫସଲର କ୍ଷତିକାରକ କୀଟ ମଧ୍ୟରେ ଅନ୍ୟତମ। ଏହାର ଶୁକ ଗୁଡ଼ିକ ଫିକା ସବୁଜ ରଙ୍ଗର ଓ ସଦାବେଳେ ପତ୍ରର ନଳୀ ଭିତରେ ଅବସ୍ଥାନ କରିଥାନ୍ତି। ଏମାନେ ଫିମ୍ବରୁ ବାହାରିବା ପରେ ଧାନ ପତ୍ରର ଅଗ ଭାଗକୁ କାଟି ଛୋଟଛୋଟ ନଳୀ ତିଆରି କରନ୍ତି। ନଳୀ ଭିତରେ ରହି ପତ୍ରର ସବୁଜ କଣିକାକୁ କୋରି କୋରି ଖାଇଥାନ୍ତି। ଏହି ନଳୀ ଗୁନିକ ପାଣିରେ ସହଜରେ ଭାସି ପାରେ।

ପ୍ରତିକାର - ଏହି ପୋକ ଦାଉରୁ ରକ୍ଷା ପାଇବା ପାଇଁ କୁଇନାଲଫସ ୨୫ଇସି ୨ମିଲି ପ୍ରତି ଲିଟର ପାଣିରେ ପ୍ରୟୋଗ କରି ଜମିରେ ପ୍ରୟୋଗ କରନ୍ତୁ।

**ସ୍ୱାମିଙ୍ଗ ସଁବାଳୁଆ -** ଏହା ଦେଖିବାକୁ ଗାଢ଼ ସବୁଜ ରଙ୍ଗର ଶୁକ। ଏହାର ନିୟନ୍ତ୍ରଣ ପାଇଁ ଜମିରୁ ସଠିକ ଭାବେ ଜଳ ନିଷ୍କାସନ କରିବା ଆବଶ୍ୟକ।

**କାହାଳିଆ ପୋକ -** ଏହା ସାଧାରଣତଃ ବର୍ଷାଦିନିଆ ଉଧାନ ଫସଲରେ ଦେଖାଯାଇଥାଏ। ପିଲ ଦେଉଥିବା ଅବସ୍ଥାରେ ପିଲ ଭିତରେ ପଶି କଅଁଳିଆ ମଂଜିର ଅଗ୍ରଭାଗକୁ ଖାଇଥାନ୍ତି। ଫଳରେ ପିଲଟି କାହାଳୀ ସଦୃଶ ହୋଇ ବଢ଼ିଥାଏ। କେଣ୍ଡାର ଧାରଣ ଶକ୍ତି କମିଥାଏ।

ପ୍ରତିକାର- ସଙ୍ଗ ଆକର୍ଷକ ଯନ୍ତା ବ୍ୟବହର କରିବା ଉଚିତ୍।

-ପଟାସ ସାର ବ୍ୟବହାର କରିବା ଦରକାର।

-କାର୍ବୋସଲଫନ୍ ୨୫%ଇସି ୨ମିଲି ପ୍ରତି ଲିଟର ପାଣିରେ ଜମିରେ ସିଂଚନ କରିବା ଆବଶ୍ୟକ।

**ମାଟିଆଗୁଣ୍ଡି ପୋକ -** ଏହା ମାଟିଆ ଓ ବାଦାମୀ ରଙ୍ଗର ଶୋଷକ କୀଟ ଅଟେ। ବର୍ଷାଦିନିଆ ଓ ଡ଼ାଲୁଅ ଧାନରେ ଏହା ବହୁଳ କ୍ଷତି କରିଥାଏ। ଏହା ଧାନ ବୁଦା ମୂଳରେ ଜଳପତନର ଠିକ ଉପର ଭାଗରେ ରହି କାଣ୍ଡରୁ ରସ ଶୋଷି ଖାଇଥାଏ। ଏହାର ଆକ୍ରମଣରେ ପ୍ରଥମେ ପତ୍ର ଗୁଡ଼ିକ ହଳଦିଆ ପଡ଼ିଯାଏ ଓ ଶେଷରେ ଧାନଗୁଡ଼ିକ ମରିଯାଏ। ଫୁଲ ଧରିବା ସମୟରେ ଏମାନଙ୍କ ପ୍ରାଦୁର୍ଭାବ ବେଶୀ ଥାଏ।

ପ୍ରତିକାର- ସଙ୍ଗଆକର୍ଷକ ଯନ୍ତାର ବ୍ୟବହାର କରିବା

ଇମିଡ଼ାକ୍ଲୋପିଡ଼୍ ୦.୨୫ମିଲି ପ୍ରତି ଲିଟର ପାଣିରେ ପକାଇ ସିଂଚନ କରିବା।

(ସମ୍ପାଦକ-ଶ୍ୟାମଳ ସୁବର୍ଣ୍ଣ, ବାସୁଦେବପୁର,ଭଦ୍ରକ, ମୋ:୯୪୩୮୪୬୭୦୭୯)

# ନଡ଼ିଆ ଫସଲରେ ଗଣ୍ଡାପୋକ ଦମନ



ଭୁବନାନନ୍ଦ ଅଧିକାରୀ
*କୀଟ ଟିଏ କଥା ଟିଏ - ୪*

**ଜୀବନ ଚକ୍ର :**

ଗଣ୍ଡାପୋକ ବା ରାଇନୋସରସ ବିଟିଲ ଏକ ଉତ୍ତମ ପ୍ରଜନନକ୍ଷମ ଅନିଷ୍ଟକାରୀ କୀଟ, ଯାହାର ପ୍ରାଦୁର୍ଭାବ ସମସ୍ତ ଜଳବାୟୁ ଓ ପରିବେଶରେ ଦେଖାଯାଇଥାଏ। ଏହାର ଜୀବନ ବୃତ୍ତାନ୍ତ ଅଧ୍ୟନ କଲେ ଜଣାଯାଏ ଯେ ଏହି କୀଟ ଗୋବର, ଖତଗଦା, ମୃତ ଓ ବିଘଟିତ ଜୈବିକ ପଦାର୍ଥର ଧ୍ୱଂସାବଶେଷରେ ମଧ ନିଜର ପ୍ରଜନନ କାର୍ଯ୍ୟ କରି ବଂଶବିସ୍ତାର କରିପାରେ ଓ ହାରାହାରି ୧୭୧ ଦିନ ମଧ୍ୟରେ ଏହାର ଜୀବନଚକ୍ର ପରିସମାପ୍ତ ହୁଏ। ତନ୍ମଧ୍ୟରୁ ଅଣ୍ଡା ଅବସ୍ଥା ୧୦ ଦିନ, ଶୁକ ଅବସ୍ଥା ୧୩୦ ଦିନ ଓ କୋଷା ଅବସ୍ଥା ୨୦ ଦିନରେ ଶେଷ ହୁଏ। ପୂର୍ଣ୍ଣାଙ୍ଗ ପ୍ରାପ୍ତ କୀଟଟି କୋଷରୁ ବାହାରିବା ପରେ ୫-୨୬ ଦିନ ପର୍ଯ୍ୟନ୍ତ ବିଶ୍ରାମ କରେ ଏବଂ ତତ୍ପରେ ନଡ଼ିଆ ଗଛର ଅଗ୍ରଭାଗକୁ ଉଡ଼ି ଚାଲିଯାଏ। ଏହି କୀଟର ଅଣ୍ଡିରା ପୂର୍ଣ୍ଣାଙ୍ଗ କୀଟଟି ୧୨୦ ଦିନ ବଂଚିଥିବା ବେଳେ ମାଈ କୀଟଟି ହାରାହାରି ୧୪୨ ଦିନ ଜୀବନ ଧାରଣ କରିଥାଏ। ଫେବୃୟାରୀରୁ ଏପ୍ରିଲ ଏବଂ ସେପ୍ଟେମ୍ବରରୁ ଅକ୍ଟୋବର ମଧ୍ୟରେ ଏହି ପୋକ ସର୍ବାଧିକ ଅଣ୍ଡା ଦେଇଥାଏ।

**କ୍ଷତି :**

ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକଟି ସାଧାରଣତଃ ନଡ଼ିଆଗଛର ବାହୁଙ୍ଗା ଏବଂ ଫୁଲକୁ ମାତ୍ରାଧିକ ଆକ୍ରମଣ କରି କ୍ଷତି ପହଞ୍ଚାଏ। ଏହି ପୋକ ଆକ୍ରମଣ ନଡ଼ିଆ ଫସଲରେ ହାରାହାରି ୧୦ ପ୍ରତିଶତ ଅମଳ ହ୍ରାସ କରେ। ୩-୧୦ ବର୍ଷ ବୟସ ଗଛ ଗୁଡ଼ିକରେ ଏହି ପୋକର ଆକ୍ରମଣ ଜନିତ କ୍ଷତି ଅଧିକ ହୋଇଥାଏ। ଆକ୍ରମିତ ବାହୁଙ୍ଗା ଗୁଡ଼ିକର ପତ୍ର କଟିଯାଇଥିବା ଲକ୍ଷ୍ୟ କରାଯାଏ। ଏହାକୁ ବୈଜ୍ଞାନିକ ଭାଷାରେ ଜିଓମେଟ୍ରିକ କଟ୍, ଫ୍ୟାନକଟ୍ ବୋଲି କୁହାଯାଏ। ସାଧାରଣତଃ ବିଶେଷ ଆକ୍ରମଣ ହୋଇ ନଥିଲେ ଗୋଟିଏରୁ ଦୁଇଟି ପତ୍ର କଟିଥାଏ। ଯଦି ଏହି ପୋକର ପ୍ରାଦୁର୍ଭାବ ମାତ୍ରାଧିକ ହୁଏ ଓ ଏହାର ଆର୍ଥିକ ଦେହଳୀ ସୀମା ଉଲ୍ଲଙ୍ଘନ କରେ, ସମସ୍ତ ପତ୍ର ଏହିଭଳି କଟିଥିବା ଲକ୍ଷ୍ୟ କରାଯାଏ। ଏହା ବ୍ୟତୀତ ସମ୍ପୂର୍ଣ୍ଣ ଖୋଲି ନଥିବା ବାହୁଙ୍ଗା ମୂଳରେ ଆୟତକାର କଣା ଦେଖାଯାଏ ଏବଂ ଏହି କଣା ପାଖରେ ପୋକ ଦ୍ୱାରା ନଷ୍ଟ ହୋଇଥିବା ବୃକ୍ଷର ତନ୍ତୁଗୁଡ଼ିକର ଅବଶିଷ୍ଟାଂଶ ଦେଖିବାକୁ ମିଳେ। ମାତ୍ରାଧିକ କ୍ଷତି ହେବା ପୂର୍ବରୁ ଏହି ପୋକର ଦମନ ନ କରାଗଲେ ନଡ଼ିଆଗଛ ଅନ୍ୟ କ୍ଷତିକାରୀ କୀଟ ଆକ୍ରମଣ ତଥା କବକଜନିତ ରୋଗ ଆକ୍ରମଣ ପାଇଁ ଉପଯୋଗୀ ହୋଇଯାଏ।

**ନିୟନ୍ତ୍ରଣ :**

ଏହି କୀଟର ନିୟନ୍ତ୍ରଣ ପାଇଁ ପ୍ରଥମେ ପରିଷ୍କାର ପରିଚ୍ଛନ୍ନ ଚାଷ ପ୍ରଣାଳୀ ଅବଲମ୍ବନ ଆବଶ୍ୟକ। ଗଛର ଆଖପାଖ ପରିଷ୍କାର ରଖିବା ସହ ଗଛରେ ଥିବା ମୃତଅଂଶ, ପଚା ଅଂଶ, ପତ୍ରଗୁଡ଼ିକୁ ସମୟାନୁସାରେ କାଟି ସଫା କରିବା ଦ୍ୱାରା ଏହି ପୋକ ଆକ୍ରମଣରୁ ରକ୍ଷା ମିଳେ। ଏହି ପୋକ ଦ୍ୱାରା ସୃଷ୍ଟି ଆୟତକାର ଗଣାରେ ସ୍ପୋକ ବା ଏକ ସରୁ ତାର ପୂରାଇ ପୂର୍ଣ୍ଣାଙ୍ଗପ୍ରାପ୍ତ ପୋକକୁ ଧରି ତାକୁ ନଷ୍ଟ କରିବା ମଧ ଜରୁରୀ। ନଡ଼ିଆ ବାହୁଙ୍ଗା ବାହାରିଥିବା ଗଛର ଅଂଶ ବା କନ୍ଦରେ ସେଭିଡଲ ୨୫ ଗ୍ରାମ ଓ ସରୁବାଲି ୨୦୦ ଗ୍ରାମର ମିଶ୍ରଣ ବା ଫୋରେଟ୍ ଓ ବାଲିର ମିଶ୍ରଣକୁ ପ୍ରୟୋଗ କଲେ ଏହାର ଉତ୍କଟ ଗନ୍ଧ ଦ୍ୱାରା ଏହି ପୋକଗୁଡ଼ିକ ଫସଲ ଆଡ଼କୁ ଆକର୍ଷିତ ହୁଅନ୍ତି ନାହିଁ। ଯାହାଦ୍ୱାରା ଆକ୍ରମଣଜନିତ କ୍ଷତି ହ୍ରାସପାଏ। ଜୈବିକ ଉପାୟରେ ଏହି ପୋକର ମଧ ନିୟନ୍ତ୍ରଣ ସମ୍ଭବପର। ଏହି କୀଟକୁ ନିୟନ୍ତ୍ରଣ କରୁଥିବା ଭୂତାଣୁ ବା ବ୍ୟାକୁଲୋ ଭାଇରସର ପ୍ରୟୋଗ ବା କୀଟ ବିନାଶକାରୀ କବକ ମେଟାରିଜିୟମ୍ ଆନିସୋପିଲେର ପଇଡ଼ପାଣି ବା ମକାଗୁଣ୍ଡ ବା କୁଣ୍ଡାରେ ବଂଶବିସ୍ତାର କରାଇ ଏହି କବକର ସ୍ପୋରକୁ ଗଛ ପାଖରେ ଥିବା ଖତଗଦାରେ କ୍ୟୁବିକ୍ ମିଟର ପ୍ରତି ୫ ଢ ୧୦୧୧ ସ୍ପୋର ପ୍ରୟୋଗ ଦ୍ୱାରା ଏହି କୀଟ ଦମନ ସମ୍ଭବପର ହୋଇଥାଏ। କେତେକ ଉପକାରୀ କୀଟ ମଧ୍ୟ ଅଛନ୍ତି ଯେଉଁମାନେ ଏହି ଗଣ୍ଡାପୋକକୁ ବିନାଶ କରିବାରେ ସାହାଯ୍ୟ କରନ୍ତି। କିନ୍ତୁ ଆମ ରାଜ୍ୟରେ ବା ପ୍ରାକୃତିକ ଅବସ୍ଥାରେ ଏହାର ପ୍ରୟୋଗ ଏତେଟା ସଫଳକାମୀ ହୋଇ ନଥାଏ। ଜୈବିକ ନିୟନ୍ତ୍ରଣର ଅନ୍ୟ ପ୍ରମୁଖ ଦିଗ ସ୍ୱରୂପ କୀଟ ନିୟନ୍ତ୍ରକ ସୂତ୍ରକୃମିର ଉତ୍ପାଦଡିଡି ୧୩୬ର ପ୍ରୟୋଗ କଲେ ଏହାର ପ୍ରଭାବରେ ଗଣ୍ଡାପୋକର ଶୁକ ବା କୋଷାଗୁଡ଼ିକର ଦମନ ସମ୍ଭବ ହୁଏ। ଏହି ସୂତ୍ରକୃମି ଜାତ ଉତ୍ପାଦର ପ୍ରୟୋଗ ଦ୍ୱାରା ୬୦-୧୦୦ ପ୍ରତିଶତ କୀଟ ଦମନର ନଜିର ରହିଛି। ଏତଦ୍ ଭିନ୍ନ କ୍ଷତିକାରୀ ଗଣ୍ଡାପୋକର ସଂଘ ଆକର୍ଷକ ଯନ୍ତା ବସାଇ (୫ ଏକରକୁ ୧ଟି ଯନ୍ତା ବସାଇବାର ୬୦ ଦିନ ପରେ ଆକ୍ରମଣ ଜନିତ କ୍ଷତିକୁ ୮୦ ପ୍ରତିଶତ କମାଇ ଦିଆଯାଇପାରେ। ଏହିସବୁ ଅଣରାସାୟନିକ ନିୟନ୍ତ୍ରଣ ବ୍ୟତୀତ ସମୟାନୁସାରେ ଗଛ ନିକଟରେ ଥିବା ଖତଗଦା ବା କମ୍ପୋଷ୍ଟ ପିଟରେ ବାର୍କାଲିଲ ୫୦ ପ୍ରତିଶତ ଗୁଣ୍ଡ ଲିଟର ପ୍ରତି ୩ ଗ୍ରାମ ଦ୍ରବଣକୁ ସିଞ୍ଚନ କଲେ ଏହି କୀଟ ଆକ୍ରମଣରୁ ରକ୍ଷା ମିଳେ।

ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଯେ ଚାଷୀଭାଇମାନେ ନିଜେ ନିଜ ଫସଲ ସମସ୍ୟା ପାଇଁ ସମାଧାନ ଉପାୟ ନ ଭାବି ପାଖରେ ଥିବା କୃଷି ବିଜ୍ଞାନ କେନ୍ଦ୍ର ବା କୃଷି ଅନୁସନ୍ଧାନ ଓ ବୈଷୟିକ ଜ୍ଞାନକୌଶଳ କେନ୍ଦ୍ର, କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ ବା ଓଡ଼ିଶା କୃଷି ବୈଷୟିକ ବିଶ୍ୱବିଦ୍ୟାଳୟର ବିଶେଷଜ୍ଞଙ୍କ ସହିତ ପରାମର୍ଶ କରି ପରିଚାଳନା କଲେ ସେମାନେ ଫସଲ ସବସ୍ୟା ଦୂର କରିବା ସହ ନିଜର ଜ୍ଞାନ ପରିସର ମଧ୍ୟ ବଢ଼ାଇ ପାରିବେ।

ମୋ- ୯୫୮୩୨୮୫୪୯୯

# କପା ଫସଲରେ ପୋକ ପରିଚାଳନାରେ ଉପକାରୀ କୀଟର ଭୂମିକା

ଦୀପାୟନ ପାଢ଼ୀ

*କପା ଏକ ମୁଖ୍ୟ ଅର୍ଥକାରୀ ଫସଲ। ଏହାର ଆବଶ୍ୟକତା ଏବଂ ଉତ୍ପାଦନ କ୍ଷମତାକୁ ଆଖି ଆଗରେ ରଖି ଏହାକୁ 'ଧଳା ସୁନା' ମଧ କୁହାଯାଏ। କିନ୍ତୁ ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲର ବିଭିନ୍ନ ପ୍ରକାରର ଅପକାରୀ ପୋକର ପ୍ରାଦୁର୍ଭାବ ବଢ଼ି ଚାଲିଛି ଯଥା ବିଭିନ୍ନ ପ୍ରକାରର ଶୋଷକ ପୋକ, ପତ୍ରଖିଆ ପୋକ ଏବଂ ଫଳବିନ୍ଧା ପୋକ। ପ୍ରଥମେ ପ୍ରଥମେ ଏହି ପୋକମାନଙ୍କ ନିରାକରଣ ପାଇଁ ରାସାୟନିକ କୀଟନାଶକ ବ୍ୟବହାର କରିବା ଦ୍ୱାରା ପୋକର ପ୍ରାଦୁର୍ଭାବକୁ କମାଯାଇ ପାରୁଥିଲା। କିନ୍ତୁ ବର୍ତ୍ତମାନର ପରିସ୍ଥିତି ଅଲଗା। ବର୍ତ୍ତମାନ ପରିସ୍ଥିତିରେ ଏହି ଫସଲକୁ ଆକ୍ରମଣ କରୁଥିବା ପୋର ନିୟନ୍ତ୍ରଣ ନିମନ୍ତେ ସବୁଦାୟ ଫସଲରେ ବ୍ୟବହୃତ ରାସାୟନିକ କୀଟନାଶକର ଶତକଡ଼ା ୫୦ ଭାଗ କେବଳ କପା ଫସଲରେ ପ୍ରୟୋଗ କରାଯାଏ। ଏହା ଯୋଗୁଁ ପରିବେଶ ପ୍ରଦୂଷଣ ସହିତ ପୋକ ମାନଙ୍କର ସହନଶକ୍ତି ବଢ଼ି, ଏହା ନୂଆ ସମସ୍ୟା ସୃଷ୍ଟି କରେ। ଏଠାରେ ଏହା କୁହାଯାଇପାରେକି, ଆମେ ପୋକ ନିୟନ୍ତ୍ରଣ ପାଇଁ କେବଳ ରାସାୟନିକ ପଦ୍ଧତି ଉପରେ ନିର୍ଭର କରିପାରିବା ନାହିଁ।*

*ଏହି କାରଣ ଯୋଗୁଁ ସମନ୍ୱିତ କୀଟ ପରିଚାଳନାର ସୃଷ୍ଟି। ଜୈବିକ ନିୟନ୍ତ୍ରଣ ପଦ୍ଧତି, ସମାନ୍ୱୟିତ କୀଟ ପରିଚାଳନା ବ୍ୟବସ୍ଥାର ଏକ ଅବଚ୍ଛେଦ୍ୟ ଅଙ୍ଗ। ଫସଲ ପରିବେଶରେ ଅପକାରୀ କୀଟ ସହିତ ଉପକାରୀ କୀଟ ପରାଶ୍ରୟୀର ଉପଯୁକ୍ତ ସଂରକ୍ଷଣ, ବଂଶବୃଦ୍ଧି ଏବଂ ଆବଶ୍ୟକ ଅନୁଯାୟୀ ପ୍ରୟୋଗ ଦ୍ୱାରା ଅନିଷ୍ଟକାରୀ କୀଟ ମାନଙ୍କର ଆଶାତୀତ ବୃଦ୍ଧିରେ ବାଧା ଉପୁଜେ। ଜୈବ ନିୟନ୍ତ୍ରଣ ଏକ ମିତବ୍ୟୟୀ, ଯୁକ୍ତିଯୁକ୍ତ ଓ ଦୀର୍ଘସ୍ଥାୟୀ କୀଟ ନିୟନ୍ତ୍ରଣ ପଦ୍ଧତି ହେଇଥିବାରୁ ଅତ୍ୟଧିକ କୀଟନାଶକ ପ୍ରୟୋଗର ଆବଶ୍ୟକତା ପଡ଼ି ନଥାଏ।*

*ଏହି ବିଷୟବସ୍ତୁରେ କପା ଫସଲରେ ଦେଖାଯାଉଥିବା କେତେକ ମୁଖ୍ୟ ପରଭୋଜୀ କୀଟ ଏବଂ ପରାଶ୍ରୟୀ କୀଟ ସମ୍ବନ୍ଧରେ ବର୍ଣ୍ଣନା କରାଯାଇଛି।*

ପରଭୋଜୀ କୀଟ :

**ଇନ୍ଦ୍ରଗୋପୀ ଭୃଙ୍ଗ (Lady bird beetle):**

ଏହାର ଅନ୍ୟ ନାମ କାନ୍ଦୁଲ ଫାଳିଆ ପୋକା ପୂର୍ଣ୍ଣାଙ୍ଗ କୀଟଟି ଦେଖିବାକୁ ଗୋଲାକାର, ଲାଲ, କମଳା ଓ ନାରଙ୍ଗି ରଙ୍ଗର ହୋଇଥାନ୍ତି। କିନ୍ତୁ ଭୃଙ୍ଗ ଗୁଡ଼ିକଲମ୍ୱାଳିଆ ଏବଂ ପଛଭଗତି ତିନିକୋଣିଆ। ଏହି ପୋକଟି ଅଣ୍ଡାରୁ ପୂର୍ଣ୍ଣାଙ୍ଗ ଅବସ୍ଥାରେ ପରିଣତ ହେବା ପାଇଁ ପାଖାପାଖି ୨ ରୁ ୩ ସପ୍ତାହ ଆବଶ୍ୟକ କରିଥାଏ। ଏହି ପୋକ ଗୁଡ଼ା ଜଉପୋକ ମେଳନୀ ସ୍ଥାନରେ ଧାଡ଼ିରେ ୧୫୦ରୁ ୨୦୦ଟି ଅଣ୍ଡା ଦିଅନ୍ତି।

ଏହାର ସୁକ ପୋକଟିକୁ ଠିକ୍ ଭାବରେ ନଚିହ୍ନି ପାରିବା ଦ୍ୱାରା ବେଳେବେଳେ ଏହାକୁ ଲୋକେ ଭୁଲରେ ପରଭୋଜୀ ଭାବିନିଅନ୍ତି। ଦିନବେଳେ ଏହି ଭୃଙ୍ଗ ସବୁ ବିଶେଷ ଭାବରେ ସକ୍ରିୟ ହୋଇଥାନ୍ତି। ଏହି କୀଟ ବିଶେଷ ଭାବରେ ଶୋଷକ ପୋକଙ୍କୁ ଖାଏ। ଯଥା- ଜଉପୋକ, ପତ୍ରଡିଆଁ ପୋକ, ଧଳା ମାଛିର ଅର୍ଭକ, ପାତ୍ର ଉକୁଣି ଇତ୍ୟାଦି। ସୁକ ଅବସ୍ଥାରେ ଏମାନେ ଅଧିକ ପୋକ ଖାଇନିଅନ୍ତି (ହାରାହାରି ୪୫ଟି ପୋକ/ଦିନ)

**ବୁଢ଼ିଆଣୀ :**

କପା ଫସଲରେ ସାଧାରଣତ ଦୁଇ ପ୍ରକାରର ପରଭୋଜୀ ବୁଢ଼ିଆଣୀ ଦେଖାଯାନ୍ତି। କିଛି ଅପକାରୀ କୀଟକୁ ସିଧାସଳଖ ଖାଇନିଅନ୍ତି, ତ କିଛିଜାଲ ତିଆରି କରି ଜାଲରେ ପଡ଼ିବା କୀଟମାନଙ୍କୁ ଖାଇ ନିଅନ୍ତି। କପା ଫସଲରେ ବିଭିନ୍ନ ପ୍ରକାରର ବୁଢ଼ିଆଣୀ ଯଥା- ଲମ୍ୱା ଦାନ୍ତିଆ ବୁଢ଼ିଆଣୀ, ବାଘୁଆ ବୁଢ଼ିଆଣୀ, ପତ୍ରଡ଼ିଆଁ ବୁଢ଼ିଆଣୀ ଇତ୍ୟାଦି ଦେଖାଯାନ୍ତି। ଏମାନେ ଶୋଷକ ପୋକର ଅର୍ଭକ ତଥା ପତ୍ରଖିଆ ଏବଂ ଫଳବିନ୍ଧା ପୋକମାନଙ୍କର ଶୁକକୁ ଭକ୍ଷଣ କରନ୍ତି।

**ସିରଫିଡ଼ ମାଛି :**

ବଡ଼ ବା ପୂର୍ଣ୍ଣାଙ୍ଗ ମାଛି ଫୁଲର ମଧୁ ବା ପରାଗରେଣୁ ଖାଇ ବଂଚିଥାଏ। ମାଈ ପୂର୍ଣ୍ଣାଙ୍ଗ ମାଛି ଜଉପୋକ ଦଳରେ ଅଣ୍ଡା ଦେଇଥାଏ। ଅଣ୍ଡାରୁ ଶୂକ (ଗୋଡ଼ ବିହିନ ଏବଂ ମୁଣ୍ଡ ସରୁ ଓ ପଛ ଭାଗଟି ଓସାରିଆ) ହେବା ପାଇଁ ଏହା ୩ ରୁ ୪ ଦିନ ନେଇଥାଏ। ପୂର୍ଣ୍ଣାଙ୍ଗ ମାଛିର ପେଟ ପାଖରେ ହଳଦିଆ ଏବଂ କଳା ରଙ୍ଗର ଦାଗ ଥାଏ। ସାଧାରଣତ ମାଛି ଶୂକଟି ଯଉପୋକର ଅର୍ଭକର ରସ ଶୋଷି କେବଳ ଖୋଳପାକୁ ଛାଡ଼ି ଦିଅନ୍ତି। ଏହାର ଶୂକ ପୋକଟି ଦିନକୁ ହାରାହାରି ୫୭ଟି ଜଉପୋକ ଖାଇଥାଏ।

**କ୍ରାଇସୋପର୍ଲା :**

ଏହାକୁ ଜଉପୋକର ଖାଦନ ବୋଲି ମଧ କୁହାଯାଏ। ପୂର୍ଣ୍ଣାଙ୍ଗ ମାଈ ପୋକଟି ରେଶମ ସୂତାରେ ଗୋଟି ଗୋଟି କରି ଅଣ୍ଡା ଦିଏ। ମୁଖ୍ୟତଃ ଶୁକ ଗୁଡ଼ିକ ଜଉପୋକ ଅର୍ଭକ ଖାଇଥାନ୍ତି। ଶୁକ କୀଟର ଦା ଆକାରର ଦୁଇଟି ଦାନ୍ତ ଥାଏ। ଯାହାଦ୍ୱାରା ଏମାନେ କୀଟ ଶରୀରରୁ ରସ ଶୋଷଣ କରିନିଅନ୍ତି। ଜଉପୋକ ବ୍ୟତୀତ ଏମାନେ ଅନ୍ୟ ନରମ ଶରୀର ବିଶିଷ୍ଟ କ୍ଷୁଦ୍ର କୀଟମାନଙ୍କର ନିୟନ୍ତ୍ରଣରେ ସହାୟକ ହୋଇଥାନ୍ତି ଏହା ଦିନକୁ ହାରାହାରି ୪୬ ଜଉପୋକ ଖାଇଥାଏ।

**ଶିକାରୀ ଝିଣ୍ଟିକା :**

ଏହା ଏକ ସର୍ବକୀଟଭୋଜୀ ପୋକ। ଏହା ସବୁ ପ୍ରକାର ଫସଲରେ ଦେଖାଯାଏ। ଏହାର ଆଗ ଗୋଡ଼ ଦୁଇଟି ଟାଣ, କଣ୍ଟା କଣ୍ଟା ଓ ଶିକାର ଧରିବାରେ ସହାୟକ ହୋଇଥାଏ। ଏହାର ମୁଣ୍ଡଟି ଚାରି ଦିଗକୁ ଘୂରିପାରେ। ଏହାର ମାଇ ପୋକଟି ଏକ ଟାଣ ଆବରଣ ମଧ୍ୟରେ ଅଣ୍ଡା ଦେଇଥାଏ। ଏଥିରେ ଅର୍ଭକ ଓ ପୂର୍ଣ୍ଣାଙ୍ଗ କୀଟ ଅନ୍ୟ କୀଟ ମାନଙ୍କୁ ଖାଇଥାନ୍ତି। ଏହି ଉପକାରୀ ପୋକଟି ଗୋଟିଏ ଦିନରେ ହାରାହାରି ୪ଟି ଶୂକ ପୋକ ଖାଇପାରେ।

**ରେଡୁଭିଡ଼ ବଗ ବା ହତ୍ୟାକାରୀ ପୋକ :**

ହତ୍ୟାକରୀ ପୋକ ଏକ ବିଶେଷ ଧରଣର ଉପକାରୀ କୀଟ। ଏହା ନିଜ ଠାରୁ ଭାରି ଓ ବଡ଼ ଆକାରର କୀଟ ମାନଙ୍କୁ ଶିକାର କରିଥାନ୍ତି। ଏହି ହତ୍ୟାକାରୀ କୀଟ ମୁଖ୍ୟତଃ ଶୂକ ପୋକ, ଜଉପୋକ ଓ ଅନ୍ୟ ପୋକମାନଙ୍କର ଅଣ୍ଡା ଖାଏ। ଏହା ନିଜର ଶୁଣ୍ଢ ଦ୍ୱାରା ଶିକାର ଶରୀର ମଧ୍ୟରେ ଏକ ବିଷାକ୍ତ ପଦାର୍ଥ ଛାଡ଼ିଥାଏ। ତଦ୍ୱାରା ଶିକାର ପୋକଟି ନିସ୍ତେଜ ହୋଇଥାଏ, ଯାହାକି ଶିକାରୀ ପୋକକୁ ଶିକାର ଠାରୁ ରସ ଶୋଷିବାରେ ସହାୟକ ହୋଇଥାଏ। ଏହା ଦିନକୁ ହାରାହାରି ୬ଟି ଶୂକପୋକକୁ ଶିକାର କରେ।



ପେଣ୍ଟାଟୋମିଡ଼ (ପଞ୍ଚକୋଣୀ)

**ବଗ ବା ଢ଼ାଲ ବଗ :**

ଏହାର ମାଈ ପୋକଟି ପତ୍ରର ଉପରି ଭାଗରେ ଉଜ୍ଜ୍ୱଳ ଧାତୁ ରଙ୍ଗର ଅଣ୍ଡା ଧାଡ଼ିରେ ଦେଇଥାନ୍ତି। ଏହିପୋକ ଗୁଡ଼ିକ ନିଜ ଲମ୍ୱା ଶୁଣ୍ଢ ଦ୍ୱାରା ରସ ଶୋଷି ନିଜ ଆକାର ଠାରୁ ବଡ଼ କୀଟମାନଙ୍କୁ ଖାଇ ପାରନ୍ତି। ଏମାନେ ଗୋଟିଏ ଦିନରେ ହାରାହାରି ୫ଟି ଶୂକକୁ ଶିକାର କରିପାରନ୍ତି।

କାରାବିଡ଼ ଭୃଙ୍ଗ ବା ଗ୍ରାଉଣ୍ଡ ବିଟିଲ :ଗ୍ରାଉଣ୍ଡ ବିଟିଲର ଉଭୟ ପୂର୍ଣ୍ଣାଙ୍ଗ ଅବସ୍ଥା, ଶୂକ କଳାରଙ୍ଗର। ଏହାର ଉଭୟ ପୂର୍ଣ୍ଣାଙ୍ଗ ଏବଂ ଶୂକ ଅବସ୍ଥାରେ ଶିକାର କରନ୍ତି। ଏହାର ପୂର୍ଣ୍ଣାଙ୍ଗ ଅବସ୍ଥାରେ ମୁହଁରେ ଦା ଆକୃତିର ଦାନ୍ତ ଥାଏ। ଗୋଟିଏ ପୋକ ଦିନରେ ହାରାହାରି ୫ଟି ଶୂକ ପୋକ ଖାଇଥାଏ।



**ଶିକାରୀ ବିରୁଡ଼ି :**

ଏମାନେ ଘରର କାନ୍ଥ କୋଣରେ ମାଟି ଘର ତିଆରି କରିଥାଏ। ପୂର୍ଣ୍ଣାଙ୍ଗ ବିରୁଡ଼ି ବିଭିନ୍ନ ପ୍ରକାରର ଶୂକ ଗୁଡ଼ିକୁ ବୋହିଆଣି, ସେମାନଙ୍କୁ ନିସ୍ତେଜ କରି ଏହାର ଛୁଆ ଗୁଡ଼ିକୁ ଖାଇବାକୁ ଦେଇଥାନ୍ତି। ଏମାନେ ନିଜ ନାହୁଡ଼କୁ ଅନ୍ୟ କୀଟମାନଙ୍କୁ ଭୟଭୀତ କରିବାରେ ବ୍ୟବହାର କରନ୍ତି।

**ଧବନ ଭୃଙ୍ଗ :**

ଏହା ଏକ ଉଜ୍ଜ୍ୱଳ ଲାଲ ରଙ୍ଗର ଟାଣ ଶରୀର ଥିବା ପୋକ। ଏହାକୁ ମୁଖ୍ୟତଃ ଗୋଟି ପୋକ ଏବଂ ଆମେରିକୀୟ ବକରା ବିନ୍ଧା ପୋକର ଶୁକ ନିୟନ୍ତ୍ରଣରେ ବ୍ୟବହାର କରାଯାଏ।

**ପରାଶ୍ରୟୀ କୀଟ :**

**ଟ୍ରାଇକୋଗ୍ରାମ :**

ଏହା ଏକ ଅଣ୍ଡା ପରାଶ୍ରୟୀ କୀଟ। ପୂର୍ଣ୍ଣାଙ୍ଗ ମାଈ କୀଟଟି ମୋଥ ବା ପ୍ରଜାପତି ଜାତୀୟ କୀଟମାନଙ୍କ ଅଣ୍ଡା ମଧ୍ୟରେ ଅଣ୍ଡା ଦେଇଥାଏ। ଟ୍ରାଇକୋଗ୍ରାମା ଅଣ୍ଡାର ଛୁଆ ଶିକାର କୀଟର ଅଣ୍ଡାକୁ ନଷ୍ଟ କରି ଏଥିରୁ ପୁଣିଟ୍ରାଇକୋଗ୍ରାମା କୀଟ ବାହାରିଥାଏ। ଏହାକୁ କପା ଫସଲରେ ବକରା ବିନ୍ଧା କୀଟ, ପତ୍ରଖିଅ ଘୋଡ଼ାପୋକ ଓ କାହାଳୀ ପୋକ ଇତ୍ୟାଦିର ନିୟନ୍ତ୍ରଣ ପାଇଁ ବ୍ୟବହାର କରାଯାଏ। ଏହି କୀଟକୁ ଗବେଷଣାଗାରରେ ବୃଦ୍ଧି କରାଯାଇ ଟ୍ରାଇକୋକାର୍ଡ଼ ଭାବରେ ବିକ୍ରି କରାଯାଇ ପାରିବ। ଗୋଟିଏ ଟ୍ରାଇକୋକାର୍ଡ଼ରେ ପାଖାପାଖି ୨୦,୦୦୦ କୀଟ ଥାଏ। ୬୦,୦୦୦ ଟ୍ରାଇକୋଗ୍ରମା କୀଟ ଏକରକୁ ପ୍ରତି ସପ୍ତାହ ଅନ୍ତରରେ ୪/୬ ଥର ଛଡ଼ାଯାଏ।

**କୋଟେସିଆ:**

ଏହା ଏକ ଶୁକ ପରାଶ୍ରୟୀ କୀଟ। ଅଣ୍ଡାରୁ ଫୁଟିବା ପରେ ଛୁଆ ଗୁଡ଼ିକ ଶୁକ ପୋକ ଶରୀରର ଅଭ୍ୟନ୍ତରୀୟ ତନ୍ତୁ ଗୁଡ଼ିକୁ ଖାଇ ଯାଆନ୍ତି। ଏମାନେ କପା ଫସଲରେ ଫଳବିନ୍ଧା ପୋକ, ପତ୍ରଖିଅ ଗୋଟି ପୋକ ଇତ୍ୟାଦିର ଶୁକରେ ଅଣ୍ଡା ଦେଇ ଏହାର ନିୟନ୍ତ୍ରଣ କରନ୍ତି।

ସହ ପ୍ରାଧ୍ୟାପକ, କୀଟତତ୍ତ୍ୱ ବିଭାଗ,
ଏମ୍.ଏସ୍. ସ୍ୱାମୀନାଥନ କୃଷି ବିଶ୍ୱ ବିଦ୍ୟାଳୟ,
ପାରଳାଖେମୁଣ୍ଡି
ମୋ- ୮୨୮୦୦୨୮୧୬୬




# ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା । ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା । ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ । ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି । ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର । ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ୍ୟ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି । ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ । ଭୀମ ଭୋଇ ନିଜ ଇଚ୍ଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ । ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ । ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ । ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା । ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ' । ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ । ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ । ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ । ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି । ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି । ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା । ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧ୍ୟାତ୍ମିକ ସାଧକ ଅତ୍ୟନ୍ତ ବିରଳ । ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା । ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ୍ୟ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ । ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ ।

# ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧ୍ୟକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା । ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ । ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ । ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ । ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ । ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା । ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ । ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ । ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେରା, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ । ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି । ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ । ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଳ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି । ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର । ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ । ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି । ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ । ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ । କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ । ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି । ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ । ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ । ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି । ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡ୍ଡୁ, ଅରବିନ୍ଦ ଷଡଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି । ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି । ଏହାର ସଂଳାପ ଲେଖିଛନ୍ତି ଟୁକୁନା । ଚଳଚିତ୍ରର କାହାଣୀ ସହ ସଂଗୀତ ମଧ୍ୟ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି ।

# ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ

ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ । ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ । ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ୍ୟ ଶୁଣିବାକୁ ମିଳେ । ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ । ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ । ଏହା ଓଡ଼ିଆଣୀ କୁଳବଧୂମାନଙ୍କର ଏକ ନିଆରା ପର୍ବ । କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି । ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ





ହାଣ୍ଡିଭଙ୍ଗାଯାତକୁ ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି ।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ । ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି । ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା



ପରେ ମା'ଙ୍କ ପୂଜକ ଗାଧୁଆ ନୀତି ସମ୍ପନ୍ନ କରିଥାନ୍ତି । ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ । ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ । ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଳି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି । ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି । ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି । ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି । ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା



ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି । ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି ଏହି ବନ୍ତକୁ ସାତଥର ପ୍ରଦିକ୍ଷଣ କରିବା ପରେ ବନ୍ତ ଚୂଡ଼ାରେ



ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି । ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି । ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବାର ବିଧି ରହିଛି ।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ । ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ । ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ । ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ । ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ । ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି ।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା



ହଣ୍ଡିଭଙ୍ଗା ଯାତ । କେବଳ ପରମ୍ପରା ରକ୍ଷା କରାଯାଇଥିଲା । ଚଳିତ ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ । ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ । ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ ।



୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢିଆଳିର ରଘୁନାଥ ଜିୟୁ ରାମନାଚ ସଂସଦ ପକ୍ଷରୁ ଲବକୁଶ ଜନ୍ମ ପରିବେଷଣ କରାଯିବ । ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ



ସଭା ଓ ରାତ୍ର ୯ଟାରେ ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଚ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି । ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦ୍ରନ ବେହେରା, ଅନିଲ



ନାୟକ, ସଦାଶିବ ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road, Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Pragyan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ସମ୍ବାଦପତ୍ର, ସାମ୍ବାଦିକ ଓ ମହାତ୍ମା


ଅକ୍ଷୟ କୁମାର ରାଉତ

ସମ୍ବାଦପତ୍ର ଆଧୁନିକ ସଭ୍ୟତାର ଏକ ପ୍ରଧାନ ଅଙ୍ଗ, ପ୍ରତିଦିନ ପୃଥିବୀର ବିଭିନ୍ନ ସ୍ଥାନରେ ନାନା ଘଟଣା ଘଟୁଛି। ସେ ବନ୍ୟା କି ମରୁଡି, ଯୁଦ୍ଧ କି ଶାନ୍ତି, ବିଜ୍ଞାନ କି ଦର୍ଶନ, ଦୁଃଖ କି ସୁଖ, ଗଣତନ୍ତ୍ର କି ରାଜତନ୍ତ୍ର, ସାମ୍ୟବାଦ କି ପୁଞ୍ଜିବାଦ, ଏକଛତ୍ରବାଦ କି ସାମରିକ ଶାସନ, ରାଜନୈତିକ ପତନ କି ଉତ୍ଥାନ ଏ ସବୁ ବିବରଣୀ ଲୋକମାନଙ୍କ ପାଖରେ ପହଁଚାଇବାର କାର୍ଯ୍ୟ ସାମ୍ବାଦିକମାନେ ସମ୍ବାଦପତ୍ର, ବେତାର ଓ ଦୂରଦର୍ଶନ ମାଧ୍ୟମରେ ପ୍ରକାଶ କରିଥାଆନ୍ତି। ଭାରତବର୍ଷ ଓ ଅନ୍ୟାନ୍ୟ ପ୍ରାଚ୍ୟ ଦେଶଗୁଡିକଠାରୁ ପାଶ୍ଚାତ୍ୟ ଦେଶରେ ସମ୍ବାଦପତ୍ର ପାଠକଙ୍କ ସଂଖ୍ୟା ବହୁତ ବେଶୀ। ସମ୍ବାଦ ବା ଖବରକୁ ନ୍ୟୁଜ୍ କୁହାଯାଏ। ଏହି ଶବ୍ଦର ଅକ୍ଷରଗୁଡିକୁ ଲକ୍ଷ୍ୟକଲେ ଚାରି ଦିଗର ସଙ୍କେତ ବୁଝାପଡେ। 'ଘ' ଅକ୍ଷରଟି ଘକ୍ସକ୍ସଷ ବା ଉ ର ଦିଗ, 'ର' ଅକ୍ଷରଟି ରକ୍ସଷ ବା ପୂର୍ବ ଦିଗର ପ୍ରତୀକ, 'ଡ' ବର୍ଣ୍ଣଟି ପଶ୍ଚିମ ଦିଗ ବା ଡରକ୍ସଷ ବୁଝାପଡେ। ସେହିପରି ଦକ୍ଷିଣ ଦିଗ ସ୍ଥାନରେ ଝ ବା ଝକ୍ସଙ୍କଷ କୁ ବୁଝାଯାଏ। ଏଥିରୁ ସ୍ପଷ୍ଟ ଅନୁମେୟ ଚାରିଦିଗର କଥା ସମ୍ବାଦପତ୍ର ମାଧ୍ୟମରେ 'ଖବର' ରୂପେ ପ୍ରକାଶ ପାଏ। ଆଧୁନିକ ଯୁଗରେ ସମ୍ବାଦପତ୍ର ପାଠ କରିବା ବହୁ ବ୍ୟକ୍ତିଙ୍କର ଅଭ୍ୟାସରେ ପରିଣତ ହୋଇପଡିଛି। ଚା, ପାନ ପରି ସମ୍ବାଦପତ୍ର ପଢ଼ିବା ଏକ ନିଶାରେ ପରିଣତ ହୋଇଅଛି। ନିଶା ଦ୍ରବ୍ୟ ସେବନ କ୍ଷତିକାରକ କିନ୍ତୁ ସମ୍ବାଦପତ୍ର ପାଠ ଲୋକମାନଙ୍କର ହିତ ସାଧନ କରେ। କୃଷକମାନେ କୃଷି ସମ୍ବନ୍ଧରେ ଓ କ୍ରୀଡାପ୍ରେମୀମାନେ କ୍ରୀଡା ବିଷୟରେ ଆବଶ୍ୟକ ବିବରଣୀ ପାଇପାରନ୍ତି। ଛାତ୍ରମାନେ ଜ୍ଞାନ ଆହରଣ କରିବା ସଙ୍ଗେସଙ୍ଗେ ପରୀକ୍ଷା ସମ୍ପର୍କରେ ବିଭିନ୍ନ କଥା ଅବଗତ ହୋଇଥାଆନ୍ତି। ପାଠକ ପାଠିକା ସାହିତ୍ୟ ପ୍ରେମୀମାନେ ଗଳ୍ପ, କବିତା, ପ୍ରବନ୍ଧ ଆଲୋଚନା ଆଦି ପାଠ କରିବା ଓ ଜାଣିବାର ସୁଯୋଗ ପାଇଥାଆନ୍ତି। ସମସ୍ତ ଜୀବଜଗତର ସୁରକ୍ଷା ଓ ସ୍ୱାଧୀନତାର ରକ୍ଷା ସମ୍ବାଦପତ୍ର ଓ ସାମ୍ବାଦିକଙ୍କ ଉପରେ ପଡିଥାଏ। ରାଜତନ୍ତ୍ରର ରାଜା ଓ ଗଣତନ୍ତ୍ରର ଲୋକ ପ୍ରତିନିଧିମାନଙ୍କର କାର୍ଯ୍ୟକଳାପ ଉପରେ ସାମ୍ବାଦିକମାନେ ନଜର ରଖିଥାଆନ୍ତି। ସବୁ ଶାସନତନ୍ତ୍ରରେ ଅସହାୟା ଦ୍ରୌପଦୀକୁ ଯନ୍ତ୍ରଣା ଦେଇ ପାଶବିକ କ୍ଷୁଧା ମେ ାନ୍ତି ଦୁର୍ଯ୍ୟୋଧନମାନେ, କେଉଁଠି ସାଧାରଣ ଜନତା ଛଳନାର ଶିକାର ହୁଏ ମୃତ୍ୟୁକୁ ସାମ୍ନା କରେ ଜଉଘରେ। କେଉଁଠି ପିଲା ବିକ୍ରି ତ କେଉଁଠି ମାଦକଦ୍ରବ୍ୟ ସାଙ୍ଗରେ ରାଜନୈତିକ ହିଂସା, ଏସବୁର ଦରଦୀ ବନ୍ଧୁଟିଏ ହେଉଛି ଗଣମାଧ୍ୟମ। ଯିଏ ଅହରହ ଜନତାଙ୍କ ପାଖରେ ରହି ଗଣତନ୍ତ୍ରର ମୂଲ୍ୟବୋଧକୁ ବ ାଇବାକୁ ଚେଷ୍ଟାକରେ, ଯାହାର ମସୀ ଅସୀ ଠାରୁ ବଳିୟାନ ହୋଇଉଠେ ସେ ସାମ୍ବାଦିକ ହେଉଛି ସମାଜ ଓ ଜୀବଜଗତର ଜାଗ୍ରତ ପ୍ରହରୀ।ଚତୁର୍ଥ ସ୍ତମ୍ଭ ଗଣମାଧ୍ୟମର ଉ ର ଦାୟିତ୍ୱ ସବୁଠାରୁ ବେଶୀ। ବ ର୍ମାନ ଯୁଗରେ ସମ୍ବାଦ ଓ ସାମ୍ବାଦିକତାର ଗୁରୁତ୍ୱ ଯଥେଷ୍ଟ। ସମୟ ଥିଲା ପ୍ରସ୍ତର ଯୁଗରେ ମନୁଷ୍ୟ ତାର ଲିପି ପଥର ଉପରେ ଖୋଦିତ କରୁଥିଲା, କ୍ରମେ ତାଳପତ୍ର ଓ ଭୂଜପତ୍ରରେ ସାହିତ୍ୟ ଓ ସଂସ୍କୃତି ସଂରକ୍ଷଣର ଏକମାତ୍ର ମାଧ୍ୟମ ପାଲଟିଥିଲା। ମୁଦ୍ରଣ ଯନ୍ତ୍ରର ପରିକଳ୍ପନା ପରେ ଭାରତବର୍ଷରେ ଛାପା କାର୍ଯ୍ୟ ଆରମ୍ଭ ହେଲା। ପ୍ରଥମ ସମ୍ବାଦପତ୍ର ଭାବେ ୧୭୮୦ ଖ୍ରୀ.ଅ.ରେ 'ଦି ବେଙ୍ଗଲ ଗେଜେଟ' ପ୍ରକାଶ ପାଇଲା। ଭାରତୀୟ ସ୍ୱାଧୀନତା ସଂଗ୍ରାମରେ ଅୟଆରମ୍ଭରେ ସମ୍ବାଦପତ୍ରର ଭୂମିକା ଗୁରୁତ୍ୱପୂର୍ଣ୍ଣ ଥିଲା। ୧୯୧୯ରୁ ୧୯୪୭ ମଧ୍ୟବ ୀ ସମୟରେ ଭାରତୀୟ ସମ୍ବାଦପତ୍ର ମହାତ୍ମା ଗାନ୍ଧିଙ୍କ ଲେଖନି ଦ୍ୱାରା ସମୃଦ୍ଧ ହୋଇ ସମାଜରେ ଏକ ପରିବ ର୍ନ ଆଣିଦେଲା। ଗାନ୍ଧିଙ୍କ ଦ୍ୱାରା ଲୋକମାନେ ପ୍ରଭାବିତ ହେଲେ ଫଳରେ ରାଜନୈତିକ ଓ ସାମାଜିକ କ୍ଷେତ୍ରରେ ଯୁଗାନ୍ତକାରୀ ପରିବ ର୍ନ ଘଟିଲା। ଗାନ୍ଧୀଜୀ ପା ଟି ସମ୍ବାଦପତ୍ର ବା ପତ୍ରିକାର ପ୍ରତିଷ୍ଠାତା ସମ୍ପାଦକ ଥିଲେ। ପରୋକ୍ଷ ଭାବରେ ଗାନ୍ଧୀଜୀ ଅଧିକାଂଶ ଭାରତୀୟ ସମ୍ବାଦପତ୍ର ସହ ଜଡିତ ଥିଲେ। 'ଇଣ୍ଡିଆନ୍ ଓପିନିୟନ' ଖବରକାଗଜ ଓ 'ୟଙ୍ଗ୍ ଇଣ୍ଡିଆ' ଏବଂ ନବଜୀବନ ପତ୍ରିକାର ପରିଚାଳନାର ଭାର ଗ୍ରହଣ କଲାପରେ ଗାନ୍ଧୀଜୀ ଲୋକମାନଙ୍କୁ ସତ୍ୟାଗ୍ରହ ବିଷୟରେ ଶିକ୍ଷା ଦେଲେ।୧୯୩୨ରେ ସେ ଜେଲ୍‌ରେ ଥିବା ସମୟରେ 'ହରିଜନ' ପତ୍ରିକାର ଆରମ୍ଭ କରିଥିଲେ। ଦଳିତମାନଙ୍କର ଅଧିକାର ଓ ସାମାଜିକ ସଂସ୍କାର ପାଇଁ ଏହି 'ହରିଜନ' ପତ୍ରିକାକୁ ଆୟୁଦ୍ଧ ରୂପେ ବ୍ୟବହାର କରିଥିଲେ। ଗାନ୍ଧୀଜୀ ଯେଉଁ ନିତୀ ନିୟମରେ ସାମ୍ବାଦିକତା ଓ ସମ୍ପାଦନା କରୁଥିଲେ ତାହା ବ ର୍ମାନ ଯୁଗରେ ସମ୍ଭବ ନୁହେଁ। ସମ୍ବାଦପତ୍ର ଏକ ମଙ୍ଗଳକାରୀ ଶକ୍ତି। ତାହା ସର୍ବଦା ଜୀବଜଗତର ହିତ ପାଇଁ। ଯଦି ସମ୍ବାଦପତ୍ର ଅଯୋଗ୍ୟ ହାତରେ ନିୟନ୍ତ୍ରିତ ହୁଏ, ତାହା ସମାଜର କ୍ଷତିସାଧନ କରେ। ଓଡିଆ ଭାଷାର ପ୍ରଥମ ପତ୍ରିକା 'ଜ୍ଞାନରୁଣ' ତାପରେ 'ସରକାରୀ ଗେଜେଟ୍'। ୧୮୫୬ରେ ପ୍ରକାଶ ପାଇଲା ପ୍ରବୋଧ ଚନ୍ଦ୍ରିକା। ତାହା ପ୍ରକୃତରେ ଥିଲା ଓଡିଆ ଭାଷାର ପ୍ରଥମ ସାହିତ୍ୟ ପତ୍ରିକା। ୧୮୬୬ ମସିହାରେ ନଅଙ୍କ ଦୁର୍ଭିକ୍ଷ ସମୟରେ ଜନ୍ମ ନେଲା ସ୍ୱଦେଶୀ ପତ୍ରିକା 'ଉତ୍କଳ ଦୀପିକା'। ଯାହାର ପ୍ରତିଷ୍ଠାତା ସଂପାଦକ ଥିଲେ କର୍ମବୀର ଗୌରୀଶଙ୍କର ରାୟ। ଏହି ଠାରୁ ଆରମ୍ଭ ହେଲା ଓଡିଆ ଭାଷା ସାହିତ୍ୟ ସଂସ୍କୃତିର ଅଗ୍ରଗତି ପାଇଁ ପ୍ରାଥମିକ ଉଦ୍ୟମ। ବଙ୍ଗଳା ଭାଷାର ପ୍ରାବଲ୍ୟ ଯୋଗୁ ଆରମ୍ଭ ହୋଇଗଲା ଓଡିଆ ଭାଷାକୁ ସଂପୂର୍ଣ୍ଣ ବିଲୋପ କରିଦେବାର ଜଘନ୍ୟ ଷଡଯନ୍ତ୍ର। ଏହି ସମୟରେ ଫକୀର ମୋହନଙ୍କ 'ବୋଧଦାୟିନୀ' ଓ 'ବାଲେଶ୍ୱର ସମ୍ବାଦ ବାହିକା'। ଓଡିଆ ଭାଷାର ସୁରକ୍ଷା ପାଇଁ ଏହି ପତ୍ରିକା ଥିଲା ଆଲୋକ ବ ର୍ିକା। ସମ୍ବାଦପତ୍ର ହେଉଛି ଦେଶ ଓ ସମାଜ ଗଢ଼ିବାର ଏକ ଦୁର୍ବାର ଅମୋଘ ଅସ୍ତ୍ର। ଗଣତନ୍ତ୍ରର ଚତୁର୍ଥ ସ୍ତମ୍ଭ ତାର ଯଥାର୍ଥ ଉପଯୋଗିତାକୁ ବିନିଯୋଗ କଲେ ଦେଶ, ଜାତି ଓ ବିଶ୍ୱର ସମାଜ କଲ୍ୟାଣ ସାଧିତ ହେବ। ସୁସ୍ଥ ସମାଜ ତଥା ଉନ୍ନତ ରାଷ୍ଟ୍ର ଗଠନରେ ସମ୍ବାଦପତ୍ର ଓ ସାମ୍ବାଦିକଙ୍କ ଭୂମିକା ଯେ ସ୍ୱତନ୍ତ୍ର ଏହା ସ୍ୱୀକାର୍ଯ୍ୟ।

*ପାରାଦ୍ୱୀପଗଡ, କୁଜଙ୍ଗ, ଜଗତ୍‌ସିଂହପୁର*
*ମୋ.ନଂ. - ୯୯୩୭୬୯୧୪୭୫*

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା। ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜ୍ଜୁ କରାଯାଇଛି। ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି। ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ। ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜ୍ଜୁ କରିଛନ୍ତି। ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି। ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି। ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ। ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି। କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି। ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି। ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି। କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ବେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି। ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ। ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜ୍ଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା। ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ। ପରବର୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା। ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା। ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ୍ୟ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି।ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଟ୍ଟା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ।ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଜଣାଯାଇଛି।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୁତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି। ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୂର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ "ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା"ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ। ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି।



2024-2025
ADMISSION OPEN
Maharishi Public School, Baripada

STD-NURSERY TO VIII
ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨ ୭ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
ପର୍ଯ୍ୟବେକ୍ଷକ
Bhubaneswar Saturday November 16 | ଭୁବନେଶ୍ୱର ଶନିବାର, ନଭେମ୍ବର ୧୬,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com 

# ଚ଼ଳିତ ରଣଜୀ ଋତୁରେ ଓଡିଶାର ପ୍ରଥମ ବିଜୟ, ବାରବାଟୀରେ ମହାରାଷ୍ଟ୍ରକୁ ହରାଇଲା




ଭୁବନେଶ୍ୱର, (ପି.ଏନ): ଲଗାତର ଇନିଂସ ପରାଜୟ ପରେ ଶେଷରେ ଘରୋଇ ମାଟିରେ ବିଜୟ ସ୍ୱାଦ ଚ଼ାଖିଛି ଓଡିଶା। ଚ଼ଳିତ ରଣଜୀ ଋତୁରେ ଓଡିଶା ପ୍ରଥମ ବିଜୟ ହାସଲ କରିଛି। ସିଜିନର ୪ର୍ଥ ମ୍ୟାଚ୍ ଖେଳୁଥିବା ଓଡିଶା ବାରବାଟୀରେ ମହାରାଷ୍ଟ୍ରକୁ ୩ ଓ୍ୱିକେଟରେ ହରାଇ ଦେଇଛି।ପ୍ରଥମ ଇନିଂସରେ ଗୁରୁତ୍ୱପୂର୍ଣ୍ଣ ୩୮ ରନର ଲିଡ୍ ପାଇଥିବା ତୃତୀୟ ଦିନରେ ଏଥିରେ ଆଉ ୧୨୯ ରନ ଯୋଡି ମହାରାଷ୍ଟ୍ରକୁ ମାତ ଦେଇଛି। ଅଲରାଉଣ୍ଡ ପ୍ରଦର୍ଶନ ପାଇଁ ଅଧିନାୟକ ଗୋବିନ୍ଦ ପୋଦ୍ଦାର ମ୍ୟାନ ଅଫ ଦି ମ୍ୟାଚ୍? ପୁରସ୍କାର ଜିତିଛନ୍ତି। ସେ ଦୁଇଟି ଇନିଂସରେ ୬ଟି ଓ୍ୱିକେଟ ନେଇଥିବା ବେଳେ ଟାର୍ଗେଟକୁ ପିଛା କରିବା ବେଳେ ଏକାକୀ ୪୮ ରନର ମ୍ୟାଚ୍ ବିଜୟୀ ଇନିଂସ ଖେଳିଛନ୍ତି।ମହାରାଷ୍ଟ୍ର ତା'ର ପ୍ରଥମ ଇନିଂସରେ ମାତ୍ର ୧୬୨ ରନ କରିଥିଲା। ଓଡିଶା ପାଇଁ ସୁମିତ ଶର୍ମା ୪ଟି, ଅଧିନାୟକ ଗୋବିନ୍ଦ ପୋଦ୍ଦାର ୩ଟି, ତାରିଣୀ ସା ୨ଟି ଓ ସୂର୍ଯ୍ୟକାନ୍ତ ପ୍ରଧାନ ଗୋଟିଏ ଓ୍ୱିକେଟ ନେଇଥିଲେ।

# ବିର୍ସା ମୁଣ୍ଡାଙ୍କର ଅବଦାନ ସର୍ବଦା ପ୍ରେରଣାର ଉତ୍ସ ହୋଇ ରହିବ: ରାଜ୍ୟପାଳ



ଭୁବନେଶ୍ୱର,(ପି.ଏନ): ମହାନ ସ୍ୱାଧୀନତା ସଂଗ୍ରାମୀ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟ'ୀକୁ ଜନଜାତୀୟ ଗୌରବ ଦିବସ ଭାବେ ଏବଂ ଝାଡ଼ଖଣ୍ଡ ରାଜ୍ୟର ପ୍ରତିଷ୍ଠା ଦିବସ ରାଜଭବନରେ ଏକ ଉତ୍ସବ ମୁଖରିତ ପରିବେଶରେ ପାଳିତ ହୋଇଯାଇଛି। ଆଜି ନ୍ୟୁଅଭିଷେକ ହଲ୍‌ଠାରେ ଏହି ଉପଲକ୍ଷେ ଆୟୋଜିତ ସମାରୋହରେ ରାଜ୍ୟପାଳ ରଘୁବର ଦାସ ଭଗବାନ ବିର୍ସା ମୁଣ୍ଡାଙ୍କ ପ୍ରତି ଭକ୍ତିପୂତ ଶ୍ରଦ୍ଧାଳି ଅର୍ପଣ କରି ଉଦ୍‌ବୋଧନ ଛଳରେ କହିଥିଲେ ଯେ ମହାନ ସ୍ୱାଧୀନତା ସଂଗ୍ରାମୀ, ଆଧାତ୍ମିକ ନେତା, ସମାଜ ସଂସ୍କାରକ ବିର୍ସା ମୁଣ୍ଡାଙ୍କର ସ୍ୱାଧୀନତା ସଂଗ୍ରାମରେ ଅଦମ୍ୟ ସାହସ ପ୍ରଦର୍ଶନ ଏବଂ ଜନଜାତି ସଂମ୍ପ୍ରଦାୟର ଅଧିକାର ସୁରକ୍ଷା ଦିଗରେ ଅବଦାନ ସର୍ବଦା ପ୍ରେରଣାର ଉତ୍ସ ହୋଇ ରହିବ। ଧରତୀ ଆବା ଭାବରେ ପରିଚିତ ଭଗବାନ ବିର୍ସା ମୁଣ୍ଡା ଲୋକଙ୍କର କଲ୍ୟାଣ, ସାମାଜିକ ନ୍ୟାୟ ପ୍ରତିଷ୍ଠା ପାଇଁ ଜୀବନ ଉତ୍ସର୍ଗ କରିଥିଲେ। ଅତ୍ୟାଚାର ବିରୁଦ୍ଧରେ ପ୍ରତିରୋଧ ଏବଂ ଜନଜାତି ସଂପ୍ରଦାୟର ସଂସ୍କୃତି, ସ୍ୱାଭିମାନ ଏବଂ ସମ୍ମାନ ରକ୍ଷା ପାଇଁ ତାଙ୍କର ପ୍ରତିବଦ୍ଧତା ଓ ସଂଗ୍ରାମ ତାଙ୍କୁ ଏକ ଶକ୍ତିଶାଳୀ ପ୍ରତୀକ ଭାବେ ପ୍ରତିଷ୍ଠିତ କରିଛି ବୋଲି ରାଜ୍ୟପାଳ କହିଥିଲେ। ଝାଡ଼ଖଣ୍ଡ ରାଜ୍ୟ ପ୍ରତିଷ୍ଠା ଦିବସ ସଂପର୍କରେ ସ୍ମୃତିଚାରଣ କରି ରାଜ୍ୟପାଳ କହିଥିଲେ ଯେ ଭଗବାନ ବିର୍ସା ମୁଣ୍ଡାଙ୍କର ଜନ୍ମଦିନରେ ୨୦୦୦ମସିହା ନଭେମ୍ବର ୧୫ତାରିଖ ଦିନ ଝାଡ଼ଖଣ୍ଡ ରାଜ୍ୟ ପ୍ରତିଷ୍ଠା ହୋଇଥିଲା ଏବଂ ଝାଡ଼ଖଣ୍ଡର ବିକାଶ ଯାତ୍ରା ବାସ୍ତବିକ୍ ଉତ୍ସାହ ଜନକ । ଉଭୟ ଝାଡ଼ଖଣ୍ଡ ଓ ଓଡ଼ିଶା ରାଜ୍ୟ ମଧ୍ୟରେ ଥିବା ସାମାଜିକ ଓ ସାଂସ୍କୃତିକ ସଂପର୍କ ମଧୁର ଓ ନିବିଡ଼ ବୋଲି କହିବା ସହିତ ରାଜ୍ୟ ସ୍ଥାପନା ଦିବସ ବିବିଧତାରେ ଏକତା ଏବଂ ଏକ ଭାରତ ଶ୍ରେଷ୍ଠ ଭାରତକୁ ଅଧିକ ଶକ୍ତିଶାଳୀ କରାଇବ ବୋଲି କହିଥିଲେ। ଭାରତର ମାନ୍ୟବର ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀଙ୍କ ନିର୍ଦ୍ଦେଶରେ ରାଜଭବନରେ ରାଜ୍ୟ ସ୍ଥାପନା ଦିବସ ପାଳନ ରାଜ୍ୟ ରାଜ୍ୟ ମଧ୍ୟରେ ସଂପର୍କ ଦୃଢ଼ୀଭୂତ କରିବା ସହିତ ଏକ ଭାରତ ଶ୍ରେଷ୍ଠ ଭାରତକୁ ସାକାର କରିପାରିବ ବୋଲି ରାଜ୍ୟପାଳ କହିଥିଲେ। ଆଜିର ଦିବସରେ ଓଡ଼ିଶାକୁ ନିଜ ଘର କରିସାରିଥିବା ଝାଡ଼ଖଣ୍ଡର ପୁଅଝିଅମାନଙ୍କ ସହିତ ଝାଡ଼ଖଣ୍ଡର ପ୍ରତିଷ୍ଠା ଦିବସ ପାଳନ କରିବା ତାଙ୍କ ପାଇଁ ଗୌରବର ଦିବସ ବୋଲି ରାଜ୍ୟପାଳ କହିଥିଲେ। ଏଠାରେ ଶିକ୍ଷା ଗ୍ରହଣ କରୁଥିବା ଛାତ୍ରଛାତ୍ରୀ ତଥା ସେବାରତ ପଦାଧିକାରୀଙ୍କର ପ୍ରତିବଦ୍ଧତା ଏବଂ ସଫଳତା ଉଭୟ ଓଡ଼ିଶା ଓ ଝାଡ଼ଖଣ୍ଡକୁ ସମୃଦ୍ଧ କରୁଛି। ବନ୍ଧୁତା ଓ ଭାଇଚାରା ମାଧ୍ୟମରେ ପାରସ୍ପରିକ ସମ୍ମାନ ଓ ଭାଇଚାରାକୁ ମଜବୁତ୍ କରୁଛି। ବିକଶିତ ଝାଡ଼ଖଣ୍ଡ ଓ ବିକଶିତ ଓଡ଼ିଶା ଗଠନ ଦିଗରେ ଶିକ୍ଷା ଜରୁରୀ ଏବଂ ଶିକ୍ଷା ଦ୍ୱାରା ଲକ୍ଷ୍ୟରେ ଆମେ ପହଂଚିପାରିବା । ଉଭୟ ଓଡ଼ିଶା ଓ ଝାଡ଼ଖଣ୍ଡ ଭାରତର ଅର୍ଥନୈତିକ ଏବଂ ସାଂସ୍କୃତିକ ଦୃଶ୍ୟପଟ୍ଟରେ ବିଶେଷ ଅବଦାନ ରଖିଛନ୍ତି ବୋଲି ରାଜ୍ୟପାଳ କହିବା ସହିତ ଦେଶ ପାଇଁ ଏକ ସମୃଦ୍ଧ ତଥା ଗୌରବମୟ ଭବିଷ୍ୟତ ସୃଷ୍ଟି କରିବାକୁ ଆହ୍ୱାନ ଜଣାଇଥିଲେ। ଏହି କାର୍ଯ୍ୟକ୍ରମରେ ଝାଡ଼ଖଣ୍ଡ ରାଜ୍ୟପାଳ ସନ୍ତୋଷ କୁମାର ଗଙ୍ଗଓ୍ୱାରଙ୍କ ଝାଡ଼ଖଣ୍ଡ ସ୍ଥାପନା ଦିବସର ବାର୍ତ୍ତା ପ୍ରଦର୍ଶିତ ହୋଇଥିଲା। ରାଜ୍ୟପାଳଙ୍କ ମୁଖ୍ୟ ପରାମର୍ଶଦାତା ସେ଼ାଷ କୁମାର ଶତପଥି ଏହି ସମାରୋହରେ ଉଦ୍‌ବୋଧନ ଦେଇଥିଲେ। ଏହି କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିବା ଝାଡ଼ଖଣ୍ଡ ନିବାସୀ ସେମାନଙ୍କର ଓଡ଼ିଶାରେ ଅବସ୍ଥାନ ସମୟର ଅଭିଜ୍ଞତା ଓ ଉପଲବ୍ଧି ତଥା ନିଜ ରାଜ୍ୟ ସଂପର୍କରେ ଅଭିବ୍ୟକ୍ତି ରଖିଥିଲେ । କାର୍ଯ୍ୟକ୍ରମ ଆରମ୍ଭରେ ଭଗବାନ ବିର୍ସା ମୁଣ୍ଡାଙ୍କର ଜୀବନୀ ସଂପର୍କିତ ଏକ ପ୍ରାମାଣିକ କ୍ଷୁଦ୍ର ଚଳଚ୍ଚିତ୍ର ପ୍ରଦର୍ଶନ କରାଯାଇଥିଲା।ଏହି କାର୍ଯ୍ୟକ୍ରମରେ ଓଡ଼ିଶାରେ ଅଧ୍ୟୟନ କରୁଥିବା ଝାଡ଼ଖଣ୍ଡ ରାଜ୍ୟର ଛାତ୍ରଛାତ୍ରୀ ତଥା ବିଭିନ୍ନ କାର୍ଯ୍ୟାଳୟରେ କାର୍ଯ୍ୟରତ ଅଧିକାରୀଙ୍କ ସମେତ ରାଜଭବନର ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ଥିଲେ।

# ମା'ବେଲ ମଙ୍ଗଳାପୀଠରେ କବିତା ପାଠୋତ୍ସବ



କେନ୍ଦ୍ରାପଡ଼ା,(ପି.ଏନ): ଉତ୍କଳୀୟ ନୌବାଣିଜ୍ୟ ପରମ୍ପରା ଓ ସଂସ୍କୃତିର ସ୍ମୃତିଚାରଣ ଉଦେଶ୍ୟରେ କପାଳେଶ୍ୱର ମା'ବେଲ ମଙ୍ଗଳା ପୂଜା କମିଟି ପକ୍ଷରୁ ପବିତ୍ର କା ିକ ପୂର୍ଣ୍ଣିମା ଅବସରରେ ମା' ବେଲମଙ୍ଗଳା ପୀଠରେ ଏକ କବିତା ପାଠୋତ୍ସବ ସୁଦର୍ଶନ ମହାପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଅବସରପ୍ରାପ୍ତ ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଅଲେଖ ଚନ୍ଦ୍ର ଦାଶ ଯୋଗଦେଇ କହିଲେ ଯେ ଉତ୍କଳୀୟ ସଂସ୍କୃତି ଓ ପରମ୍ପରାର ସ୍ମୃତିଚାରଣ କରିବା ପାଇଁ କବିତାହିଁ ଉପଯୁକ୍ତ ମାଧ୍ୟମ। କବିତା ମାଧ୍ୟମରେ ଆମ ସଂସ୍କୃତି ଓ ପରମ୍ପରାର ସ୍ମୃତିଚାରଣ କରାଗଲେ ଏହା ଭବିଷ୍ୟତ ପୀଢିଙ୍କୁ ପ୍ରେରଣା ଯୋଗାଇ ଦେବ ବୋଲି ମୁଖ୍ୟ ଅତିଥି ଶ୍ରୀ ଦାଶ ପ୍ରକାଶ କରିଥିଲେ। ସମ୍ମାନୀତ ଅତିଥି ଭାବେ ସତୀର୍ଥର ଅମର ପ୍ରସାଦ ରାଉତ, ସାରଥୀ କାନୁନଗୋ, ଗଗନବିହାରୀ ଜେନା ଓ ଧନେଶ୍ୱର ବାବା ପ୍ରମୁଖ ଯୋଗଦେଇଥିଲେ। କବି ଶୈଳଜାଶଙ୍କର ସାମଲଙ୍କ ସଂଯୋଜନାରେ ଅନୁଷ୍ଠିତ କବିତା ପାଠୋତ୍ସବରେ ଶତାଧିକ କବି ଓ କବୟିତ୍ରୀମାନେ ଯୋଗଦେଇ ସ୍ୱରଚିତ କବିତା ପାଠ କରିଥିବା ବେଳେ କମିଟି ସମ୍ପାଦକ ଧନ୍ୟବାଦ ଅର୍ପଣ କରିଥିଲେ। ବେଲ ମଙ୍ଗଳା ପୂଜା କମିଟିର ମୁଖ୍ୟ ପୁରୋଧା ରବିନାରାୟଣ ମହାପାତ୍ର ମଙ୍ଗଳାଚରଣ ପାଠ କରିଥିଲେ। କମିଟିର ସଦସ୍ୟ ଉମାକାନ୍ତ ମହାନ୍ତି ଓ ସୁରେଶ ପାଣି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ୨୭ତମ କଳିଙ୍ଗ ପୁସ୍ତକ ମେଳାରେ କୁରଆନ ପ୍ରଦର୍ଶନୀର ଆୟୋଜନ



ଭୁବନେଶ୍ୱର,ଅହମଦୀୟା ମୁସଲିମ ସମ୍ପ୍ରଦାୟ ଭୁବନେଶ୍ୱର ପକ୍ଷରୁ ୨୭ତମ କଳିଙ୍ଗ ପୁସ୍ତକ ମେଳାରେ କୁରଆନ ପ୍ରଦର୍ଶନୀର ଆୟୋଜନ କରାଯାଇଅଛି। ଏହି ପ୍ରଦର୍ଶନୀ ମାଧ୍ୟମରେ ପବିତ୍ର ଗ୍ରନ୍ଥ କୁରଆନର ଶିକ୍ଷାକୁ ଲୋକ ଲୋଚ଼ନରେ ପ୍ରାଞ୍ଜଳ ଭାବେ ବୁଝାଇବା ଏବଂ ପବିତ୍ର କୁରଆନ ବିଷୟରେ ଉଠୁଥିବବା ପ୍ରଶ୍ନ ଗୁଡ଼ିକର ଉତ୍ତର ଦେବା ପାଇଁ ଏକ ପ୍ରୟାସ କରାଯାଇଛି । ଗୋଟିଏ ମୁସଲମାନର ଏହା ଦୃଢ ବିଶ୍ୱାସ ଯେ ପବିତ୍ର କୋରାନ ଅନ୍ତଃ ପରମବ୍ରହ୍ମ ପରମେଶ୍ୱରଙ୍କ ବାଣୀ । ଯାହା ଦେବଦୂତ ଜିବରାଇଲଙ୍କ ମାଧ୍ୟମରେ ହଜରତ ମୁହମ୍ମଦ ସଲ୍ଲମଙ୍କ ଉପରେ ୨୩ ବର୍ଷ ଅନ୍ତରାଳରେ ଅବତୀର୍ଣ୍ଣ ହୋଇଥିଲା ଏବଂ ପରମବ୍ରହ୍ମ ପରମେଶ୍ୱର ଅନ୍ତଃ ଏହି ପବିତ୍ର ଗ୍ରନ୍ଥ କୁରଆନର ବାସ୍ତବିକ ପ୍ରତ୍ୟେକ ଆବଶ୍ୟକ ବିଷୟକୁ ବିଭିନ୍ନ ପ୍ରଣାଳୀରେ ବର୍ଣ୍ଣନା କରିଛନ୍ତି । କିନ୍ତୁ ଅଧିକାଂଶ ଲୋକେ ଏ ସଂକ୍ରାନ୍ତରେ ଅବଜ୍ଞା ମୂଳକ ପନ୍ଥା ଗ୍ରହଣ କରି ପ୍ରତ୍ୟେକ ବିଷୟକୁ ପ୍ରତ୍ୟାଖାନ କରିଛନ୍ତି । ଆଜିକା ସମୟରେ ଅହମଦୀୟା ମୁସଲିମ ସମ୍ପ୍ରଦାୟ ୭୭ ଭାଷାରେ ପବିତ୍ର କୁରଆନର ଅନୁବାଦ କରିଅଛି ଏବଂ ଏହି ପ୍ରଦର୍ଶନୀରେ ୨୦ରୁ ଉର୍ଦ୍ଧ ଭାଷାରେ ଅନୁବାଦିତ ପବିତ୍ର କୋରାନ ପ୍ରଦର୍ଶୀତ କରାଯାଇଛି । ଏହି ପ୍ରଦର୍ଶନୀରେ ପ୍ରେମ ସଭିଙ୍କ ପାଇଁ ଘୃଣା କାହା ପ୍ରତି ନୁହେଁ ସ୍ଲୋଗାନ ଦେଇ ପ୍ରତ୍ୟେକ ଜାତି ଓ ଗୋଷ୍ଠୀକୁ ଆମନ୍ତ୍ରିତ କରାଯାଇଛି । ଯାହା ଫଳରେ ସକଳ ଧର୍ମ ଗ୍ରନ୍ଥ ପ୍ରତି ଲୋକମାନଙ୍କର ସମ୍ମାନ, ସଭିଙ୍କ ହୃଦୟରେ ସୃଷ୍ଟି ହେଉ । ତଥା ବିଶ୍ୱଶାନ୍ତି ଓ ବିଶ୍ୱ ଭାଇଚ଼ାରାର ବାର୍ତାବରଣ ସୃଷ୍ଟି ହେଉ । ସର୍ବେ ଭବନ୍ତୁ ସୁଖିନଃ - ସର୍ବେ ଶନ୍ତୁ ନିରାମୟର ମନଭାବ ସୃଷ୍ଟି ହେଉ। ଏହି ବିଷୟ ପ୍ରତି ରୁଚ଼ି ରଖୁଥିବା ବ୍ୟକ୍ତି ବିଶେଷ କଳିଙ୍ଗ ପୁସ୍ତକମେଳା ଷ୍ଟଲ ନମ୍ବର ୧୩୩ରେ ଲାଗିଥିବା ଅହମଦିୟା ସମ୍ପ୍ରଦାୟ ପକ୍ଷରୁ କୁରଆନ ପ୍ରଦର୍ଶନୀରେ ଆସି ପବିତ୍ର କୁରଆନ ସମ୍ବନ୍ଧରେ ଜ୍ଞାନର ପରିସୀମା ବୃଦ୍ଧି କରିବା ପାଇଁ ଅନୁଷ୍ଠାନ ପକ୍ଷରୁ ନିବେଦନ କରାଯାଇଛି।

# ବୋଇତ ବନ୍ଦାଣ ଉତ୍ସବ ଓ ବନ୍ଦର ଦିବସ ପାଳିତ

## ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ପାଇପ ଯୋଗେ ରନ୍ଧନ ଗ୍ୟାସ ପ୍ରକଳ୍ପ ଓ ତିନି ଲେନ୍ ବିଶିଷ୍ଟ ପୋଲର ଶିଳାନ୍ୟାସ



ପାରାଦୀପ,(ପି.ଏନ): ଶୁକ୍ରବାର ଦିନ ସକାଳେ ପାରାଦୀପ ବନ୍ଦର ୱେଟ୍ ବେସିନ୍‌ଠାରେ ପାରାଦୀପ ବନ୍ଦର ପକ୍ଷରୁ ବୋଇତ ବନ୍ଦାଣ ଓ ବନ୍ଦର ଦିବସ ପାଳିତ ହୋଇଯାଇଛି । ଏହି ଉତ୍ସବରେ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ ଓଡିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ପାରମ୍ପାରିକ ଲୋକନୃତ୍ୟ ସହିତ ପାଛୋଟି ନିଆଯାଇଥିଲା । ସୁସଜ୍ଜିତ ବୋଇତର ସାଧବମାନଙ୍କୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଶୁଭ କଳସ ହସ୍ତା'ରିତ କରିବା ପରେ ଓଡିଆ ଅସ୍ମିତାର ପ୍ରତୀକ ବୋଇତକୁ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ । ବୋଇତ ବନ୍ଦାଣ ଓ ବାଲିଯାତ୍ରା ଓଡିଶାର ପ୍ରାଚୀନ ନୌବାଣୀଜ୍ୟ ଇତିହାସ ସହିତ ସମ୍ପୃକ୍ତ । କଳିଙ୍ଗର ମହାନ ନୌବାଣିଜ୍ୟ ପରମ୍ପରା ଏ ମାଟିର ବୀର ସାଧବ ପୁଅମାନଙ୍କର ଦୁଃସାହସିକ ଜଳଯାତ୍ରା ସହିତ ପୃତିବୀର ବିଭିନ୍ନ ଭୂଖଣ୍ଡ ସହ ବାଣିଜ୍ୟିକ ସମ୍ପର୍କକୁ ଉନ୍ମୋଚନ କରେ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ବକ୍ତବ୍ୟରେ କହିଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମାନ୍ୟବର ପ୍ରଧାନମନ୍ତ୍ରୀଙ୍କ ସ୍ୱପ୍ନ ପ୍ରତିଟି ଘରେ ପିଏନଜି ସୁରକ୍ଷିତ ଇନ୍ଧନ ଓ ଉନ୍ନତ ଜୀବନ ପାରାଦୀପ ବନ୍ଦର ଓ ବିପିସିଏଲ୍ ସହଭାଗିତାରେ ପ୍ରକଳ୍ପର ଶିଳାନ୍ୟାସ କରିଥିଲେ । ଏଥି ସହିତ ୨୪ କୋଟି ୭୯ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ହେବାକୁ ଥିବା ୫ଶହ ମିଟର ଦୀର୍ଘ ଓ ଭାରୀଯାନ କ୍ଷମତା ସମ୍ପନ୍ନ ପୋଲର ଭି ିପ୍ରସ୍ତର ସ୍ଥାପନ କରିଥିଲେ । ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ ଓଡିଆରେ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। ଏହି ଉତ୍ସବରେ ମାନ୍ୟବର ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ସାଂସଦ ବିଭୂ ପ୍ରସାଦ ତରାଇ,ଜିଲ୍ଲାପାଳ ଜେ.ସୋନାଲ, ଡିଆଇଜି ଚରଣସିଂ ମୀନା ପ୍ରମୁଖ ଯୋଗ ଦେଇଥିଲେ । ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ ବନ୍ଦର ଉପାଧକ୍ଷ ନିଲଭ୍ର ଦାସଗୁପ୍ତା । ପାରାଦୀପ ବନ୍ଦର ଅଧିକାରୀ, ବନ୍ଦର ବ୍ୟବହାରକାରୀ, ଗଣମାଧ୍ୟମ ପ୍ରତିନିଧି, ସ୍ଥାନୀୟ ଜନସାଧାରଣ ବହୁ ସଂଖ୍ୟାରେ ଉପସ୍ଥିତ ଥିଲେ ।






Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray